୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.26 . No.94 Bhubaneswar Sunday May 19 2024 | ୨୬ତମ ବର୍ଷ ସଂଖ୍ୟା-୯୪ ଭୁବନେଶ୍ୱର, ରବିବାର, ମଇ ୧୯, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ | ₹ 1.50 | (Air Surcharge - 0.50P) | Member-INS


## 'ଏକ୍ସ'ରେ ଟ୍ରେଣ୍ଡିଂ କରୁଛି 'ବାଏ ବାଏ ପାଣ୍ଡିଆନ': ବିଜେପି ଦେଲା ପାଣ୍ଡିଆନଙ୍କୁ ଡେମୋ ବିମାନ ଟିକେଟ୍

ଭୁବନେଶ୍ୱର,୧୮।୫(ପି.ଏନ): ଚଳିତ ନିର୍ବାଚନ ରଣାଙ୍ଗନରେ 'ଓଡିଆ ଅସ୍ମିତା'କୁ ମୁଖ୍ୟ ପ୍ରସଙ୍ଗ କରିଥିବା ବିଜେପି ଆଜି ସିଧାସଳଖ ବିଜେଡିର ଦ୍ୱିତୀୟ ପ୍ରଭାବଶାଳୀ ନେତା ଭିକେ ପାଣ୍ଡିଆନଙ୍କୁ ଟାର୍ଗେଟ୍ କରିଛି । ବିଜେପି ଓଡିଶା ଶାଖା ନିଜର 'ଏକ୍ସ' ହ୍ୟାଣ୍ଡଲରେ(ଟ୍ୱିଟର) '#ByeByePandian' 'ବାଏବାଏପାଣ୍ଡିଆନ' ହ୍ୟାସଟ୍ୟାଗ୍ ସହ ଏକ ଡେମୋ ବିମାନ ଟିକେଟ୍ ଅପଲୋଡ୍ କରିଛି । ଯାହାକି ବିଜେଡି ନେତା ଭିକେ ପାଣ୍ଡିଆନଙ୍କ ଉଦ୍ଦେଶ୍ୟରେ ରହିଛି । ୨୦୨୪ ଜୁନ୍ ୪ତାରିଖରେ ଭୁବନେଶ୍ୱରରୁ ଚେନ୍ନାଇ ଯିବା ପାଇଁ ଇକୋନୋମି କ୍ଲାସରେ ଏହି ବିମାନ ଟିକେଟ୍ ପ୍ରସ୍ତୁତ କରାଯାଇଛି । ପାଣ୍ଡିଆନଙ୍କୁ ଟାର୍ଗେଟ ପାଇଁ ବିଜେପି ଆପଣାଇଥିବା ଏହି କୌଶଳକୁ ନେଇ ବିଜେଡି ଓ ବିଜେପି ସମର୍ଥକମାନଙ୍କ ମଧ୍ୟରେ ସୋସିଆଲ ମିଡିଆୱାର ଆରମ୍ଭ ହୋଇଛି। ସୂଚନା ଅନୁସାରେ, ଆଜି ଭାରତରେ 'ଏକ୍ସ' ହ୍ୟାଣ୍ଡଲରେ ଟ୍ରେଣ୍ଡିଂ କରୁଥିବା ହ୍ୟାସଟ୍ୟାଗ୍ ମଧ୍ୟରେ '#ByeByePandian' ଆଗରେ ରହିଛି । ଓଡିଶା ବିଜେପି ମଧ୍ୟ ନିଜ ଅଫିସିଆଲ 'ଏକ୍ସ' ଆକାଉଣ୍ଟରେ ଏହି ହ୍ୟାସଟ୍ୟାଗକୁ ଉପଯୋଗ କରି ଏକ ଡେମୋ ବିମାନ ଟିକେଟ୍ ଅପଲୋଡ୍ କରିଛି । ଯାହାକି ଭିକେ ପାଣ୍ଡିଆନଙ୍କ ପାଇଁ ଉଦ୍ଦିଷ୍ଟ ରହିଛି । ଏହି ଡୋମୋ ବିମାନ ଟିକେଟ୍ ପାଣ୍ଡିଆନଙ୍କ ନାଁରେ ଜୁନ୍ ୪ତାରିଖ ସନ୍ଧ୍ୟା ୭ଟାରେ ଭୁବନେଶ୍ୱରରୁ ଚେନ୍ନାଇ ଯାତ୍ରା ନିମନ୍ତେ ଉଲ୍ଲେଖ ରହିଛି । ରାଜ୍ୟ ବିଜେପିର ଏଭଳି ସିଧାସଳଖ ହାମଲା ପରେ ବିଜେଡି ଶିବିରରେ କମ୍ପନ ଖେଳିଯାଇଛି । ସୋସିଆଲ ମିଡିଆରେ '#ByeByePandian ବହୁଳ ଭାବେ ଟ୍ରେଣ୍ଡିଂ କରିବାପରେ ବିଜେଡିର ସାଇବର ସେଲ୍ ଏକ ନୂଆ ହ୍ୟାସଟ୍ୟାଗ '#OdishaLovesPandian' ଆରମ୍ଭ କରିଥିଲା । ନିଜର ସାଇବର ଆର୍ମିଙ୍କୁ ମୁତୟନ କରିଥିଲେ ମଧ୍ୟ ବିଜେପିର ହ୍ୟାସଟ୍ୟାଗକୁ ମୁକାବିଲା କରିବାରେ ସକ୍ଷମ ହୋଇପାରିନି ।




## ପୁରୀରେ ରୋଡ୍ ଶୋ' କରିବେ ମୋଦି

ଭୁବନେଶ୍ୱର,୧୮।୫(ପି.ଏନ): ଆସନ୍ତାକାଲି ସନ୍ଧ୍ୟାରେ ପୁଣି ଦୁଇ ଦିନିଆ ଓଡିଶା ଗସ୍ତରେ ଆସୁଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି। ୨୦ ତାରିଖରେ ସକାଳ ୮ଟାରେ ପୁରୀରେ ସେ ରୋଡ୍ ଶୋ' କରିବେ। ମହାପ୍ରଭୁଙ୍କ ଦର୍ଶନ କରି ସେ ରୋଡ୍ ଶୋ' କରିବେ। ପୁରୀରେ ରୋଡ୍ ଶୋ' କରି ଅନୁଗୋଳ ଯିବେ ପ୍ରଧାନମନ୍ତ୍ରୀ। ସକାଳ ସାଢ଼େ ୯ଟାରେ ସେଠାରେ ଏକ ବିରାଟ ଜନସଭାକୁ ସମ୍ବୋଧି



କରିବେ ମୋଦି। ସେଠାରୁ କଟକ ଫେରିବେ। ସାଢ଼େ ୧୧ଟାରେ ସେ କଟକରେ ନିର୍ବାଚନୀ ସଭାକୁ ସମ୍ବୋଧିତ କରିବେ।

## କଂଗ୍ରେସର ଶୋଭାଯାତ୍ରା ବେଳେ ଫୁଟିଲା ଗୁଳି

ଭୁବନେଶ୍ୱର,୧୮।୫(ପି.ଏନ): ଦିନକ ତଳେ ଦିଲ୍ଲୀର କଂଗ୍ରେସ ପ୍ରାର୍ଥୀ କହ୍ନୈୟା କୁମାରଙ୍କୁ ପ୍ରଚାର ବେଳେ ଆକ୍ରମଣ କରାଯାଇଥିଲା। ଏହାକୁ ନେଇ ବିବାଦ ଚାଲିଥିବା ବେଳେ ଆଜି କଂଗ୍ରେସ ପ୍ରାର୍ଥୀ ଗୁରଜିତ ସିଂହ ଅଜୁଆଲଙ୍କ ରାଲିରେ ଗୁଳିମାଡ ହୋଇଛି। ଗୁରଜିତ ବିଶାଳ ଶୋଭାଯାତ୍ରା କରୁଥିବା ବେଳେ ପଞ୍ଜାବର ଅମୃତସର ନିକଟ ଅଜନାଲା ଠାରେ ଗୁଳିମାଡ ହୋଇଛି। ଏଥିରେ ଜଣେ ଆହତ ହୋଇଛନ୍ତି ।ଗୁରଜିତଙ୍କୁ କଂଗ୍ରେସ ଅମୃତସରୁ ପ୍ରାର୍ଥୀ କରିଛି। ଘଟଣା ପଛରେ ଇଣ୍ଡିଆ ମେଣ୍ଟରେ ଥିବା ଆପ୍‌ର ହାତଥିବାର ସେ ଅଭିଯୋଗ କରିଛନ୍ତି। ୫୧ ବର୍ଷୀୟ ଗୁରଜିତ ଅଭିଯୋଗ କରିଛନ୍ତି ଯେ ଅମୃତସରର



ଆପ୍ ପ୍ରାର୍ଥୀ କୁଳଦୀପ ଧାଲିୱାଲଙ୍କ ଜଣେ ସମ୍ପର୍କୀୟ ଗୁଳିମାଡ ପଛରେ ରହିଛନ୍ତି। ନିର୍ବାଚନ ପୂର୍ବରୁ ନିର୍ବାଚନ କମିଶନ କାହିଁକି ତାଙ୍କର ବନ୍ଧୁକ ସିଜ କରି ନଥିଲେ ବୋଲି ମଧ୍ୟ ସେ ପ୍ରଶ୍ନ କରିଛନ୍ତି।

## ଆସୁଛି ଲଘୁଚାପ, ନିର୍ବାଚନରେ ବର୍ଷା ସାଜିପାରେ ବାଧକ

ଓଡିଶା ଭାସ୍କର:ଆସୁଛି ଲଘୁଚାପ । ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ବଙ୍ଗୋପସାଗରରେ ଲଘୁଚାପ ସୃଷ୍ଟି ନେଇ ପୂର୍ବାନୁମାନ କରାଯାଇଛି । ଆସନ୍ତା ୨୨ ତାରିଖରେ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଲଘୁଚାପ ସୃଷ୍ଟିର ସମ୍ଭାବନା ରହିଛି । ପରେ ଏହା ଉତ୍ତର-ପୂର୍ବ ଦିଗରେ ଗତି କରିବା ସମ୍ଭାବନା ରହିଛି । ୨୪ ତାରିଖ ବେଳକୁ ଏହା ଅବପାତର ରୂପ ନେଇପାରେ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି । ତେବେ ଏହି ବର୍ଷା ରାଜ୍ୟର ତୃତୀୟ ପର୍ଯ୍ୟାୟ ନିର୍ବାଚନରେ ବାଧା ସୃଷ୍ଟି କରିବାର ସମ୍ଭାବନା ରହିଛି ।

### ୨ୟ ପର୍ଯ୍ୟାୟ ବିଧାନସଭା ନିର୍ବାଚନ; ୫୯ଜଣ ପ୍ରାର୍ଥୀଙ୍କ ନାଁରେ ରହିଛି ବିଭିନ୍ନ ଅପରାଧିକ ମାମଲା

ଭୁବନେଶ୍ୱର,୧୮।୫(ପି.ଏନ): ୨ୟ ପର୍ଯ୍ୟାୟ ବିଧାନସଭା ନିର୍ବାଚନରେ ନାମାଙ୍କନ କରିଥିବା ୫୯ଜଣ ପ୍ରାର୍ଥୀଙ୍କ ନାଁରେ ରହିଛି ବିଭିନ୍ନ ଅପରାଧିକ ମାମଲା । ୪ ପ୍ରାର୍ଥୀଙ୍କ ନାଁରେ ଅଛି ହତ୍ୟା ମାମଲା । ୨୬ ଜଣଙ୍କ ନାଁରେ ହତ୍ୟା ଉଦ୍ୟମ ମାମଲା ରହିଥିବାବେଳେ ୨୮ ଜଣଙ୍କ ନାଁରେ ରହିଛି ମହିଳା ହିଂସା ମାମଲା । ଏପରିକି ଜଣେ ପ୍ରାର୍ଥୀଙ୍କ ନାଁରେ ରହିଛି ଦୁଷ୍କର୍ମ ମାମଲା ।ସବୁଠାରୁ ବଡ଼ କଥା ହେଉଛି ମୋଟ ୩୮୧ ପ୍ରାର୍ଥୀଙ୍କ ମଧ୍ୟରୁ ୨ ଜଣ ଖଡ଼ି ବି ଛୁଇଁ ନାହାନ୍ତି । ଅନ୍ୟ ପକ୍ଷରେ ଦେଖିଲେ ମୋଟ ପ୍ରଥୀଙ୍କ ମଧ୍ୟରୁ ୧୧ ପ୍ରାର୍ଥୀ ପଞ୍ଚମ ପାସ୍, ୮୬ ସ୍ନାତକ, ୬ ଜଣ ଡକ୍ଟରେଟ୍ କରିଛନ୍ତି ।

## ସରିଲା ଦ୍ୱିତୀୟ ପର୍ଯ୍ୟାୟ ପ୍ରଚାର, ଦିନକ ପରେ ସିଲ୍ ହେବ ୩୦୫ ପ୍ରାର୍ଥୀଙ୍କ ଭାଗ୍ୟ

ଭୁବନେଶ୍ୱର,୧୮।୫(ପି.ଏନ): ରାଜ୍ୟରେ ଦ୍ୱିତୀୟ ପର୍ଯ୍ୟାୟ ଭୋଟ୍ ପାଇଁ ଆଜି ସନ୍ଧ୍ୟାରେ ପ୍ରଚାର ଶେଷ ହୋଇଛି । ଦ୍ୱିତୀୟ ପର୍ଯ୍ୟାୟରେ ରାଜ୍ୟର ୫ ଲୋକସଭା ମଣ୍ଡଳୀ ବରଗଡ, ସୁନ୍ଦରଗଡ, ବଲାଙ୍ଗିର, କନ୍ଧମାଳ ଓ ଆସ୍କା ଏବଂ ଏହା ଅନ୍ତର୍ଗତ ସମସ୍ତ ୩୫ଟି ବିଧାନସଭା ଆସନରେ ଦିନକ ପରେ ଅର୍ଥାତ୍ ସୋମବାର ଭୋଟଗ୍ରହଣ ହେବ। ଏହି ଅଂଚଳର ମୋଟ ୨୬୫ଜଣ ବିଧାୟକ ପ୍ରାର୍ଥୀ ଓ ୪୦ଜଣ ଲୋକସଭା ପ୍ରାର୍ଥୀଙ୍କ ଭାଗ୍ୟ ୭୯ଲକ୍ଷ ୬୯ହଜାର ୮୮୭ଜଣ ଭୋଟର ନିଜର ମତାଧିକାର ସାବ୍ୟସ୍ତ କରି ନିର୍ଦ୍ଧାରଣ କରିବେ । ମତଦାନକୁ ଶାନ୍ତିଶୃଙ୍ଖଳାର ସହ ଶେଷ କରିବା



ପାଇଁ ୧୦୨ କମ୍ପାନୀ କେନ୍ଦ୍ରୀୟ ଫୋର୍ସ ମୁତୟନ ହୋଇଛି । ଚଳିତ ପର୍ଯ୍ୟାୟରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପ୍ରାର୍ଥୀ ହୋଇଥିବା ହିଞ୍ଜିଳି ଓ କଂଟାବାଞ୍ଜି ବିଧାନସଭା ଆସନରେ ବି ମତଦାନ ହେବ ।

### ସ୍ୱାତୀ ମାଲିୱାଲ ମାମଲା: କାଲି ବରିଷ୍ଠ ନେତାଙ୍କ ସହ ବିଜେପି ଅଫିସ ଯିବେ କେଜ୍ରିୱାଲ

ନୂଆଦିଲ୍ଲୀ,୧୮।୫(ପି.ଏନ): ଆପ୍‌ର ରାଜ୍ୟସଭା ସାଂସଦ ସ୍ୱାତୀ ମାଲିୱାଲଙ୍କୁ ଦଳର ସୁପ୍ରିମୋ ତଥା ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲଙ୍କ ବାସଭବନରେ ଆକ୍ରମଣ କରାଯାଇଥିବା ଅଭିଯୋଗରେ ଆଜି ପୁଲିସ୍ ବୈଭବ କୁମାରଙ୍କୁ ଗିରଫ କରିଛି। ବୈଭବ କୁମାର ହେଉଛନ୍ତି ମୁଖ୍ୟମନ୍ତ୍ରୀ କେଜ୍ରିୱାଲଙ୍କ ପିଏ। ଗିରଫଦାରୀ ପରେ ଆପ୍ ସାଂଘାତିକ ଅଭିଯୋଗ ଆଣିଛି। ବିଜେପି ସ୍ୱାତୀଙ୍କୁ ବ୍ଲାକମେଲ କରି ଏସବୁ କାଣ୍ଡ ଘଟାଉଛି ଓ ଆପ୍‌କୁ ନିର୍ବାଚନ ବେଳେ ବଦନାମ କରିବାକୁ ଚାହୁଁଥିବା ଦଳ ପକ୍ଷରୁ ଦାବି କରାଯାଇଛି ।ଏହାକୁ ନେଇ ବିବାଦ ଚାଲିଥିବା ବେଳେ ଆଜି ପ୍ରଥମଥର ପାଇଁ ସ୍ୱାତୀ ମାଲିୱାଲ କାଣ୍ଡରେ ମୁହଁ ଖୋଲିଛନ୍ତି ମୁଖ୍ୟମନ୍ତ୍ରୀ କେଜ୍ରିୱାଲ। ସେ ସିଧାସଳଖ ଏସବୁ ଘଟଣା ପଛରେ ବିଜେପି ଓ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ହାତ ଥିବା ଅଭିଯୋଗ କରିଛନ୍ତି।

## ରୋକ୍‌ଠୋକ୍ ଶୁଣାଇଦେଲେ ଗାଁ ଲୋକ; ଆମେ ଭୋଟ୍ ଦେବୁନି



ଭୁବନେଶ୍ୱର,୧୮।୫(ପି.ଏନ): ଆଉ ୭ ଦିନ ପରେ ହେବ ଭୋଟ୍ ଗ୍ରହଣ। ତା'ପୂର୍ବରୁ ଚରମ ନିଷ୍ପତ୍ତି ନେଲେ ଗାଁ ଲୋକେ। ରୋକ୍‌ଠୋକ୍ ଶୁଣାଇଦେଲେ। ଆଗାମୀ ନିର୍ବାଚନରେ ଆମେ ଭୋଟ୍ ଦେବୁନୁ। ଗାଁରେ ଥିବା ମୌଳିକ ସମସ୍ୟା ସମାଧାନ ନହେବା ପର୍ଯ୍ୟନ୍ତ ଭୋଟ୍ ଦେବୁନୁ ବୋଲି ବୈଠକ କରି ଲୋକମାନେ ନିଷ୍ପତ୍ତି ନେଇଛନ୍ତି। ଏପରି ଅଭିଯୋଗ ଆସିଛି ଖଣି ଖାଦାନ ଭରା କେନ୍ଦୁଝରର ଜିଲ୍ଲାର ହରିଚନ୍ଦନପୁର ବ୍ଲକ୍ ଅଞ୍ଚଳରୁ। ହରିଚନ୍ଦନପୁର ବ୍ଲକ୍ ଅନ୍ତର୍ଗତ ରାଶୋଳ ପଞ୍ଚାୟତ ଆଲତୁମା, ପଞ୍ଚମ ଓ ଖସାପଦା ଗାଁରେ ୪୫୦୦ରୁ ଅଧିକ ଭୋଟ୍‌ର ରହିଛନ୍ତି। ସମସ୍ତେ ପ୍ରାୟତଃ ଆଦିବାସୀ ସମ୍ପ୍ରଦାୟର। ଏମାନେ ସାଧାରଣତଃ ଚାଷବାସ ଓ ଜଙ୍ଗଲରୁ ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରି ବିକି ପରିବାର ପ୍ରତିପୋଷଣ କରନ୍ତି। ହେଲେ ଦୁଃଖର ବିଷୟ ଏହି ଗାଁକୁ ଆଜି ପର୍ଯ୍ୟନ୍ତ ଭଲ ରାସ୍ତା ଖଣ୍ଡିଏ ନାହିଁ। ଯେଉଁଥିପାଇଁ ଲୋକମାନେ ଯିବା ଆସିବାରେ ନାନା ଅସୁବିଧାରେ ପଡୁଛନ୍ତି। ଏଥିରେ ବେଶୀ ଅସୁବିଧାରେ ପଡୁଛନ୍ତି ଗାଁର ଗର୍ଭବତୀ ଓ ରୋଗୀଣା ବ୍ୟକ୍ତି। ଗାଁକୁ ଆମ୍ବୁଲାନ୍ସ ଆସିପାରୁନଥିବାରୁ ରୋଗୀଙ୍କୁ ଖଟିଆରେ ବୁହା ହେଉଛନ୍ତି।

## ପାକିସ୍ତାନ ସ୍ଥିତି କଥା କହି ଭୋଟ ମାଗିଲେ ପ୍ରଧାନମନ୍ତ୍ରୀ ମୋଦି

ଭୁବନେଶ୍ୱର,୧୮।୫(ପି.ଏନ): ପୁଣିଥରେ କେନ୍ଦ୍ରରେ ବିଜେପି ନେତୃତ୍ୱାଧୀନ ସରକାର ଆଣିବାକୁ ଲୋକଙ୍କୁ ଅପଲ କରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି। ଦେଶରେ ଗୋଟିଏ ଶକ୍ତିଶାଳୀ (ଧକଡ) ସରକାର ଥିବାରୁ ପାକିସ୍ତାନ ଯେଉଁ ହାତରେ ବୋମା ଧରିଥିଲା,ଏବେ ଭିକ ମାଗିବା ପାଇଁ ଥାଳି ଧରିଥିବା ମୋଦି କହିଛନ୍ତି। ପାକିସ୍ତାନ ସ୍ଥିତି କେମିତି ବଦଳି ଯାଇଛି, ସେକଥା କହି ଆଜି ମୋଦି ହରିଆଣାରେ ପ୍ରଚାର କରିଛନ୍ତି।

## ଝାରସୁଗୁଡାରେ ଥମିଲା ପ୍ରଚାର, ୨୦ରେ ମତଦାନ

ଝାରସୁଗୁଡା,୧୮।୫(ପି.ଏନ): ଆସନ୍ତା ୨୦ ତାରିଖରେ ମତଦାନ ହେବାକୁ ଯାଉଛି। ନିର୍ବାଚନ ଆଦର୍ଶ ଆଚରଣ ବିଧି ଅନୁସାରେ, ଆଜି ସନ୍ଧ୍ୟା ୬ଟାରୁ ପ୍ରଚାର ଥମିଛି। ସମସ୍ତ ରାଜନୈତିକ ଦଳ ଆଜିଠାରୁ ପ୍ରଚାର ବନ୍ଦ କରିଥିବା ବେଳେ ଜିଲ୍ଲା ପ୍ରଶାସନ ପକ୍ଷରୁ ମଧ୍ୟ ଏଦିଗରେ କଟକଣା କଡାକଡି କରାଯାଇଛି। କିଭଳି ଭାବେ ଆଦର୍ଶ ଆଚରଣ ବିଧିର ଉଲ୍ଲଂଘନ ନହୁଏ, ରାଜନେ?ତିକ ଦଳଗୁଡିକ ଯେଭଳି ଭାବେ ପ୍ରତ୍ୟକ୍ଷ ପ୍ରଚାରରେ ସାମିଲ୍ ନହୁଅନ୍ତି ସେନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ କଡା ନଜର ରଖାଯାଇଛି। ଏକଜିଟ୍ ପୋଲ ଉପରେ ମଧ୍ୟ ପ୍ରଶାସନ ପକ୍ଷରୁ କଟକଣା ଜାରି କରାଯାଇଛି। ଝାରସୁଗୁଡା ନିର୍ବାଚନ ମଣ୍ଡଳୀରେ ଚଳିତ ଥର ୮ ଜଣ ପ୍ରାର୍ଥୀ ଓ ବ୍ରଜରାଜନଗର ନିର୍ବାଚନ ମଣ୍ଡଳୀରେ ୯ ଜଣ ପ୍ରାର୍ଥୀ ନିର୍ବାଚନ ଲଢିବାକୁ ଯାଉଛନ୍ତି। ନିର୍ବାଚନ ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ମଧ୍ୟ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। କିଭଳି




ଭାବେ ଶାନ୍ତି ଶୃଙ୍ଖଳାର ସହିତ ମତଦାନ ଶେଷ ହେବ ଏଦିଗରେ ପ୍ରଶାସନ ପକ୍ଷରୁ ମଧ୍ୟ ଗୁରୁତ୍ୱାରୋପ କରାଯାଇଛି। ବିଧିବଦ୍ଧ ନିର୍ବାଚନ ପ୍ରଚାର ଥମି ଯାଇଥିବା ବେଳେ ଆଜି ରାତିଠାରୁ ଅନ୍ଧାରୀ ବିଜେ ଆରମ୍ଭ ହୋଇଯାଇଛି । ଗାଁ ଗହଳିରେ ରାଜନୈତିକ ଦଳଙ୍କ କର୍ମୀ ସକ୍ରିୟ ହୋଇଯାଇଥିବା ବେଳେ ଅନ୍ଧାରୁଆ ଟଙ୍କା ଓ ଶାଢ଼ୀ ବଣ୍ଟା ଜୋର୍ ?ସୋରରେ ଚାଲିଛି। ଘର ପିଛା ମୁଣ୍ଡ ଗଣତି ହୋଇ ପ୍ରତିଯୋଗିତାମୂଳକ ଭାବେ ଟଙ୍କା ବଣ୍ଟନ ଜାରି ରହିଥିବା ସୂଚନା ମିଳୁଛି। ଆସନ୍ତାକାଲି ସକାଳ ସୁଦ୍ଧା ଗ୍ରାମାଞ୍ଚଳରେ ଟଙ୍କା ବଣ୍ଟନ ଓ ସନ୍ଧ୍ୟାସୁଦ୍ଧା ସହରାଞ୍ଚଳରେ ବଣ୍ଟନ କାର୍ଯ୍ୟଶେଷ କରିବା ପାଇଁ ପ୍ରାର୍ଥୀମାନେ ଡେଡ୍‌ଲାଇନ୍ ମଧ୍ୟ ଜାରି କରିଦେଇଥିବା ସୂଚନା ମିଳିଛି।

## ୨୦୨୪-୨୫ ଶିକ୍ଷାବର୍ଷ ପିଜି ଆଡମିଶନ ପାଇଁ ପ୍ରକାଶ ପାଇଲା ବିଜ୍ଞପ୍ତି

ଭୁବନେଶ୍ୱର,୧୮।୫(ପି.ଏନ): ରାଜ୍ୟ ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ଅଧିନରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟର ସ୍ନାତକୋତ୍ତର (ପିଜି) ଆଡମିଶନ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଛି । ଛାତ୍ରଛାତ୍ରୀମାନେ ମେ ୧୮ରୁ ୨୭ ତାରିଖ ମଧ୍ୟରେ ଏଥିପାଇଁ ଆବେଦନ କରିପାରିବେ । ସାମ୍ସ ପୋର୍ଟାଲ https://www.samsodisha.gov.in/ ଜରିଆରେ ଏକକ ପିଜି ପ୍ରବେଶିକା ପରୀକ୍ଷା ବା କମନ୍ ପିଜି ଏଣ୍ଟ୍ରାନ୍ସ ଟେଷ୍ଟ ପାଇଁ ଅନଲାଇନରେ ଆବେଦନ କରିବାକୁ ପଡିବ । ଆବେଦନକାରୀଙ୍କ ପ୍ରବେଶିକା ପରୀକ୍ଷା ମାର୍କ ଓ କ୍ୟାରିୟର ମାର୍କକୁ ନେଇ ମେଧା ତାଲିକା ପ୍ରକାଶ ପାଇବ ।ଚଳିତ ମାସ ୧୮ ତାରିଖରୁ ଆବେଦନ ପ୍ରକ୍ରିୟା ଆରମ୍ଭ ହୋଇ ୨୭ ତାରିଖରେ ସମାପ୍ତ ହେବ । ୨୦୨୪-୨୫ ଶିକ୍ଷା ବର୍ଷ ପିଜି ନାମଲେଖା ପ୍ରକ୍ରିୟାରେ ଚଳିତ ଥର ପୁରୀ ଜିଲ୍ଲାରେ ଥିବା ଓଡିଆ ବିଶ୍ୱବିଦ୍ୟାଳୟ ଓ ଶ୍ରୀଜଗନ୍ନାଥ ସଂସ୍କୃତି ବିଶ୍ୱବିଦ୍ୟାଳୟକୁ ସାମିଲ କରାଯାଇଛି । ଜୁନ୍ ୨୨ ତାରିଖରେ ଆବେଦନକାରୀଙ୍କୁ ହଲ୍ ଟିକେଟ୍ ମିଳିବ । ଜୁଲାଇ ୩ରୁ ୧୪ ତାରିଖ ପର୍ଯ୍ୟନ୍ତ ପ୍ରବେଶିକା ପରୀକ୍ଷା ଅନୁଷ୍ଠିତ ହେବ । ୨୦ ତାରିଖ ସୁଦ୍ଧା ମୂଲ୍ୟାଙ୍କନନ କରାଯାଇ ମାର୍କ ଓକାକକୁ ପ୍ରଦାନ କରାଯିବ । ଜୁଲାଇ ୧୨ରୁ ୨୦ ମଧ୍ୟରେ ଆବେଦନକାରୀମାନେ ସେମାନଙ୍କର ମାର୍କଶିଟ୍ ଦାଖଲ କରିବେ । ଆବେଦନକୁ ନେଇ ବିସ୍ତୃତ ନିୟମାବଳୀ ବିଭାଗ ପକ୍ଷରୁ ପ୍ରକାଶ ପାଇଛି ।

## ଏପ୍ରିଲରେ ଓଡ଼ିଶା ପିଇଲା ୬୩୫କୋଟି ଟଙ୍କାର ମଦ; ୨୮୩କୋଟିର ଲିକର, ୩୫୨କୋଟିର ବିୟର

ଭୁବନେଶ୍ୱର,୧୮।୫(ପି.ଏନ): ଓଡିଶା ପିଇଲା ୬୩୫ କୋଟିର ମଦ, ମଦ ନିଶାରେ ଉବୁଟୁବ ଓଡିଶା । ଏପ୍ରିଲ ମାସରେ ପିଇଗଲେ କୋଟି କୋଟି ଟଙ୍କାର ମଦ। ଭୋଟ ପାଇଁ ନା ଖରା ପାଇଁ ଏତେ ମଦ ବେପାର ଇଏ ରାଜନୀତି ନା ଲୋକଙ୍କୁ ମଦୁଆ କରିବାର ଷଡଯନ୍ତ୍ର । ନା ଲକ୍ଷ ଲକ୍ଷ ପରିବାରକୁ ଅନ୍ଧାରକୁ ଠେଲିଦେବାର ପ୍ରୟାସ । ସତରେ କ'ଣ ଓଡିଶା ଗରିବ ରାଜ୍ୟ ଯଦି ଗରିବ ରାଜ୍ୟ ହୋଇଥାନ୍ତା ତାହାଲେ କ'ଣ କୋଟି କୋଟି ଟଙ୍କାର ମଦ ପିଇଥାନ୍ତେ ? ଏମାନେ ନିଜ ହାତରୁ କିଣି ପିଉଛନ୍ତି ନା ଏମାନଙ୍କୁ ମଦ କିଏ କିଣି ଦେଉଛି । ମଦ ପିଇବାରେ ଏବେ ଓଡିଶାକୁ ପୁରାଷ୍କାର ମିଳିବା ଉପରେ । ମଦ ପିଇବାରେ ଓଡିଶା ସବୁ ରାଜ୍ୟକୁ ଟପି ସାରିଲାଣି ବୋଧେ । କାରଣ ଓଡିଶା ଗୋଟିଏ ମାସର ହିସାବରେ ଏତେ ଟଙ୍କାର ମଦ ପିଇଛି ଯାହାକୁ ଆପଣମାନେ କେହି ତୁଳନା ମଧ୍ୟ କରିପାରିବେ ନାହିଁ । କୋଟିଏ କି ଦୁଇକୋଟି ନୁହେଁ ଏପ୍ରିଲ ମାସର ହିସାବରେ ଓଡିଶା ୬୩୫ କୋଟି ଟଙ୍କାର ମଦ ପିଇଯାଇଛି । ଆଗକୁ ଆହୁରି ନିର୍ବାଚନ ପୁଣି ବାକି ରହିଛି । ସେଥିରୁ ୨୮୩ କୋଟି ଟଙ୍କାର ଲିକର ବା ହାର୍ଡ ମଦ ଏବଂ ୩୫୨ କୋଟି ଟଙ୍କାର ବିୟର ରହିଛି ।ସେପଟେ ଏମିତି ତଥ୍ୟ ପ୍ରକାଶ ପାଇବା ପରେ ଗୋଟିଏ ପକ୍ଷ ଯୁକ୍ତି କରୁଛନ୍ତି କି ରାଜ୍ୟରେ ପ୍ରବଳ ଖରାର ହେଉଥିବାରୁ ବିୟର ବିକ୍ରିର ପରିମାଣ ଅଧିକ ବଢ଼ିଛି । ସେହିଭଳି ଆଉ ଗୋଟିଏ ପକ୍ଷ ମତ ଦେଇଛନ୍ତି କି ରାଜ୍ୟରେ ନିର୍ବାଚନ ଥିବାରୁ ଭୋଟର ମାନଙ୍କୁ ମଦ ମାସଂ ଦିଆଯାଇ ଭୋଟ ହାତେଇବାକୁ ଚେଷ୍ଟା କରୁଛନ୍ତି ନେତା ମାନେ । ତେବେ ରାଜ୍ୟରେ ଆହୁରି ୩ ପର୍ଯ୍ୟାୟ ନିର୍ବାଚନ ବାକି ରହିଛି । ତେବେ ଏପ୍ରିଲ ମାସର ହିସାବ ଆଗକୁ ଆହୁରି ଅଧିକା ବଢ଼ିପାରେ ବୋଲି ଅନୁମାନ କରାଯାଉଛି ।

## ଜୁନ୍ ୩୦ ପର୍ଯ୍ୟନ୍ତ ବଢ଼ିଲା କଳାକାର ସହାୟତା ଆବେଦନ ଅବଧି: ଗ୍ରୀଷ୍ମ ପ୍ରବାହ ପାଇଁ ରାଜ୍ୟ ସରକାରଙ୍କ ବଡ ନିଷ୍ପତ୍ତି

ଭୁବନେଶ୍ୱର,୧୮।୫(ପି.ଏନ): ରାଜ୍ୟରେ ଏବେ ପ୍ରବଳ ଗ୍ରୀଷ୍ମ ପ୍ରବାହ ଅନୁଭୂତ ହେଉଥିବା ବେଳେ ଆଗକୁ ମଧ୍ୟ ଏହା ଜାରି ରହିବ । ଆଗାମୀ ଦୁଇ ସପ୍ତାହ ପର୍ଯ୍ୟନ୍ତ ରାଜ୍ୟରେ ପ୍ରବଳ ପ୍ରବଳ ତାତି ଅନୁଭୂତ ହେବ ବୋଲି ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି । ତେବେ ପ୍ରବଳ ତାତିକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ଏକ ବଡ ନିଷ୍ପତ୍ତି ନେଇଛନ୍ତି । ଜୁନ୍ ୩୦ ତାରିଖ ପର୍ଯ୍ୟନ୍ତ କଳାକାର ସହାୟତା ଆବେଦନ ଅବଧି ବୃଦ୍ଧି କରାଯାଇଛି ।ସୂଚନାଯୋଗ୍ୟ ଯେ, ମୁଖ୍ୟମନ୍ତ୍ରୀ କଳାକାର ସହାୟତା ଯୋଜନାରେ ଅନ୍ତର୍ଭୁକ୍ତ ହେବା ପାଇଁ ଆବେଦନର ଶେଷ ତାରିଖ ଏପ୍ରିଲ ୩୦ ତାରିଖ ରହିଥିଲା । ଏହି ଆବେଦନ ଅବଧିକୁ ବୃଦ୍ଧି କରିବା ପାଇଁ ଶ୍ରୀଜଗନ୍ନାଥ ନାମ ସଂକୀର୍ତ୍ତନ ଲୋକକଳା ପରିଷଦ ପକ୍ଷରୁ ଦାବି କରାଯାଇଥିଲା । ଏହି ମର୍ମରେ ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଉପରିସ୍ଥ କର୍ତ୍ତୃପକ୍ଷଙ୍କୁ ଚିଠି ଲେଖାଯାଇଥିଲା । ତେଣୁ ଏବେ ଏହି ଆବେଦନ ଅବଧିକୁ ଜୁନ୍ ୩୦ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି ।କଳାକାଳମାନେ ନିଜ ନିଜ ଜିଲ୍ଲା ସଂସ୍କୃତି କାର୍ଯ୍ୟାଳୟରେ ଏନେଇ ଆବେଦନ କରିପାରିବେ ବୋଲି କୁହାଯାଇଛି । ଏହି ନିଷ୍ପତ୍ତିକୁ ପରିଷଦ ପକ୍ଷରୁ ସ୍ୱାଗତ କରାଯାଇଛି । ରାଜ୍ୟରେ ନିର୍ବାଚନ ପ୍ରକ୍ରିୟା ଜାରି ରହିଥିବା ବେଳେ ଲୋକମାନେ ପ୍ରଚଣ୍ଡ ଗ୍ରୀଷ୍ମ ପ୍ରବାହରେ କଳବଳ ହେଉଛନ୍ତି । ତେଣୁ ଏହାକୁ ଦୃଷ୍ଟିରେ ରଖି ଆବେଦନ ଅବଧି ବୃଦ୍ଧି କରିବାକୁ ଦାବି ହୋଇଥିଲା । ତେବେ ରାଜ୍ୟ ସରକାର ଯେଉଁ ୩୦ ହଜାର କଳାକାରଙ୍କୁ ସହାୟତା ନେଇ ଘୋଷଣା କରିଛନ୍ତି ତାହାକୁ ବୃଦ୍ଧି କରି ୧ ଲକ୍ଷ କଳାକାରଙ୍କୁ ଏହି ଯୋଜନାରେ ସାମିଲ କରିବାକୁ ସରକାରଙ୍କ ନିକଟରେ ଦାବି ହୋଇଛି ।









## ଟି ଟାଇମ୍

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଇଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଇ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଇ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୂରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟୋନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଅଂଟରେ ନୀଳ ରଭ୍‌ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବ ଜନଜାତିଙ୍କୁ ନ୍ତର୍ଫ୍ରି ଲଭ କମ୍ୟୁନିଟଓ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲ ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ସମାଜର ବିକାଶ ପାଇଁ ନାରୀମାନଙ୍କର ଭୂମିକା ଅତୁଳନୀୟ: ବାଚସ୍ପତି




ଭୁବନେଶ୍ୱର (ପିଏନ୍): ବିଶ୍ୱ ମହିଳା ଦିବସ ଉପଲକ୍ଷେ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ପ୍ରେରଣା, ଆଚିଭର ଫାଉଣ୍ଡେସନ ପକ୍ଷରୁ ସମାଜର ବିଭିନ୍ନ ବର୍ଗର ନାରୀ ପ୍ରତିଭାମାନଙ୍କୁ ଗୀତଗୋବିନ୍ଦ ସଦନ ପରିସରରେ ସମ୍ମାନିତ କରାଯାଇଥିଲା। ଏହି ଅବସରରେ ଆଚିଭର ନ୍ୟୁଜର ସ୍ୱନକ୍ଷତ୍ର ମଧ୍ୟ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ଓଡ଼ିଶା ବିଧାନସଭାର ବାଚସ୍ପତି ଶ୍ରୀ ସୂର୍ଯ୍ୟନାରାୟଣ ପାତ୍ର ଯୋଗଦେଇ କହିଲେ ଯେ, ସମାଜର ବିକାଶ ପାଇଁ ନାରୀମାନଙ୍କର ଭୂମିକା ଅତୁଳନୀୟ। ସେମାନଙ୍କ ଭିତରେ ଥିବା ପ୍ରତିଭାକୁ ସମାଜର ବିକାଶ ପ୍ରତି ବିନିଯୋଗ କରିପାରିଲେ ଏକ ଉନ୍ନତ ରାଜ୍ୟ, ଦେଶ ଗଠନ ହୋଇପାରିବ। ପୁରାଣ, ଇତିହାସରେ ଏହାର ବହୁ ଜ୍ୱଳନ୍ତ ଉଦାହରଣ ରହିଛି। ଏହି ଉତ୍ସବରେ ଅନ୍ୟମାନଙ୍କ ମଧ୍ୟରେ ମାନବାଧିକାର କମିଶନର ସଦସ୍ୟ ଅସୀମ ଅମିତାଭ ଦାସ, ରାଜ୍ୟ ଯୋଜନା ବୋର୍ଡ଼ର ଉପାଧ୍ୟକ୍ଷ ସଞ୍ଜୟ ଦାସବର୍ମା, ପୂର୍ବତନ ମୁଖ୍ୟ ଶାସନ ସଚିବ ସହଦେବ ସାହୁ, ଆଡ଼ଭୋକେଟ ଗୋପାଳକୃଷ୍ଣ ମହାନ୍ତି, ପ୍ରଫେସର ମେଜର କଳ୍ପନା ଦାସ, ଦୂରଦର୍ଶନର ନିର୍ଦ୍ଦେଶିକା ଦିପ୍ତୀ ମିଶ୍ର, ଆଡ଼ଭୋକେଟ ବିଷ୍ଣୁପ୍ରସାଦ ପାତ୍ର, ଓଡ଼ିଶା ବୀର ମହାସଂଘର ସଭାପତି ଡଃ ପ୍ରକାଶ ଶ୍ରୀଚନ୍ଦନ, ଆଚିଭର ଫାଉଣ୍ଡେସନର ନିର୍ଦ୍ଦେଶିକା ଅରୁନ୍ଧତୀ ସୁନ୍ଦରାୟ, ଭାରତୀୟ ଫିଜିଆଟାରୀ ସୋସାଇଟିର ଅତିରିକ୍ତ ସାଧାରଣ ସମ୍ପାଦକ ଡ. ଶୁଭେନ୍ଦୁ ମିଶ୍ର ପ୍ରମୁଖ ଅତିଥି ରୂପେ ଯୋଗଦେଇ ଏକ ବିକାଶଶୀଳ ସମାଜରେ ନାରୀମାନେ ଯୁଗେ ଯୁଗେ ପ୍ରମୁଖ ଭୂମିକା ତୁଲାଇ ଆସିଛନ୍ତି ବୋଲି କହିଥିଲେ।

ଉତ୍ସବର ପ୍ରାରମ୍ଭରେ ପ୍ରେରଣା ଗ୍ରୀନ୍ ଆର୍ମିର ଅଧକ୍ଷ ଡଃ ଦିଲ୍ଲୀପ ଶ୍ରୀଚନ୍ଦନ ସ୍ୱାଗତ ଭାଷଣ ଦେବା ସହ କାର୍ଯ୍ୟକ୍ରମର ଆଭିମୁଖ୍ୟ ପ୍ରଦାନ କରି କହିଲେ ଯେ, ଓଡ଼ିଶାରେ ଅତୀତରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀ ପ୍ରତିଭାମାନେ ସେମାନଙ୍କର ଦକ୍ଷତା ଦେଶ ବିଦେଶରେ ପ୍ରଦର୍ଶନ କରି ଯଥେଷ୍ଟ ସୁନାମ ଅର୍ଜନ କରିଛନ୍ତି। ସେହି ମହିୟସୀ ପ୍ରତିଭାମାନଙ୍କୁ ସମ୍ମାନିତ କରିବା ସହିତ ଆଗାମୀ ଦିନରେ ସମାଜର ସାମଗ୍ରୀକ ବିକାଶରେ ସାମିଲ୍ କରିବା ଆମର ଏହି ଉତ୍ସବର ମୁଖ୍ୟ ଆଭିମୁଖ୍ୟ। ଏଥିରେ ଆଚିଭର ଫାଉଣ୍ଡେସନ ଓ ଆଚିଭର ନ୍ୟୁଜର ପ୍ରତିଷ୍ଠାତା ଅଶୋକ କୁମାର ସୁନ୍ଦରାୟ ବକ୍ତବ୍ୟ ପ୍ରଦାନ କରି ନାରୀମାନଙ୍କୁ ଉନ୍ନତିପଥରେ ଆଗେଇ ନେବା ପାଇଁ ଆମ ଅନୁଷ୍ଠାନ ପ୍ରମୁଖ ଭୂମିକା ଗ୍ରହଣ କରିବ ବୋଲି କହିଥିଲେ।

ଏହି ଅବସରରେ ଡଃ ସୁଷମା ମିଶ୍ରଙ୍କୁ କୁନ୍ତଳାକୁମାରୀ ସାହିତ୍ୟ ସମ୍ମାନ, ସରିତା ପଟେଲଙ୍କୁ ରମାଦେବୀ ସମାଜସେବୀ ସମ୍ମାନ, ପ୍ରଫେସର ସରୋଜଲକ୍ଷ୍ମୀ ପଟ୍ଟନାୟକଙ୍କୁ ମାଳତୀ ଚୌଧୁରୀ ସେବା ସମ୍ମାନ, ବିନି ସାମଲଙ୍କୁ ପାର୍ବତୀ ଘୋଷ ସ୍ମାରକୀ ସିନେ ସମ୍ମାନ, ପ୍ରଫେସର ସୁରେଖା ସୁନ୍ଦରୀ ସ୍ୱାଇଁଙ୍କୁ ନନ୍ଦିନୀ ଶତପଥୀ ସେବା ସମ୍ମାନ, ଡ. ସ୍ୱାଧୀନାଙ୍କୁ ଓଡ଼ିଶାର ଶ୍ରେଷ୍ଠ ନାରୀ ପ୍ରତିଭା ସମ୍ମାନ, ସୁସ୍ମିତା ଦାସଙ୍କୁ କଣ୍ଠଶିଳ୍ପୀ ସମ୍ମାନ, ନମ୍ରତା ସିଂଦେଓଙ୍କୁ ଚଳିତବର୍ଷର ଶ୍ରେଷ୍ଠ ସିନେ ଅଭିନେତ୍ରୀ ସମ୍ମାନ, ମାନସୀ ପାଲଙ୍କୁ ଶ୍ରେଷ୍ଠ ଧାରାବାହିକ ସମ୍ମାନ, ନିଲ୍ ପଣ୍ଡାଙ୍କୁ ଶ୍ରେଷ୍ଠ ଅଭିନେତା ସମ୍ମାନ, ମିନତୀ ସିଂ, ମୌସୁମୀ ମହାନ୍ତି ଓ ଦୈନିକ ସକାଳ ଖବରକାଗଜର ସବ୍ ଏଡ଼ିଟର ଅନୁରାଧା ବାରିକଙ୍କୁ ଶ୍ରେଷ୍ଠ ସାମ୍ୱାଦିକ ସମ୍ମାନ, ରୋଜାଲିନ, ଗୁନ୍‌ଗୁନ୍, ଶିବାନୀ ମୁଦ୍ରା, ଗାୟତ୍ରୀ ମହାନ୍ତିଙ୍କୁ ଶ୍ରେଷ୍ଠ ଉପସ୍ଥାପିକା ସମ୍ମାନ, ମିସ୍ ଟିମ୍ ଇଣ୍ଡିଆ ମିଲନ କୁମାରୀ ପଣ୍ଡାଙ୍କୁ ଶ୍ରେଷ୍ଠ ନାରୀ ପ୍ରତିଭା, ଆମ୍ବିକା ପଟ୍ଟନାୟକଙ୍କୁ ଶ୍ରେଷ୍ଠ ଯୁବ ପ୍ରତିଭା, ରୋଛନା ମହାପାତ୍ରଙ୍କୁ ଶ୍ରେଷ୍ଠ ମେଧାବୀ ଛାତ୍ରୀ ସମ୍ମାନ ପ୍ରଦାନ କରାଯାଇଥିଲା। ଏଥିସହିତ ବହୁ ସମାଜସେବୀଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା।

# ନିଷ୍କ୍ରିୟ ସେବିକା ନିର୍ଦ୍ଦେଶାଳୟ କାର୍ଯ୍ୟକ୍ଷମ ହେଉ !

ଓଡ଼ିଶାରେ କାର୍ଯ୍ୟରତ ସେବିକାମାନଙ୍କୁ ଅଧିକ ଦକ୍ଷ ଓ ଶୃଙ୍ଖଳିତ କରିବା ପାଇଁ ୨୦୧୩ ମସିହା ଠାରୁ ସେବିକା ନିର୍ଦ୍ଦେଶାଳୟ କାର୍ଯ୍ୟକାରୀ ହେଉଛି। ସେବିକା କହିଲେ- ଏଏନ୍‌ଏମ୍ (ସ୍ୱାସ୍ଥ୍ୟକର୍ମୀ), ଜିଏନ୍‌ଏମ୍ (ଷ୍ଟାଫ୍‌ନର୍ସ), ଏଲ୍‌ଏଚ୍‌ଭି, ନର୍ସିଙ୍ଗ ସିଷ୍ଟର, ସହକାରୀ ମ୍ୟାଟ୍ରନ୍, ମ୍ୟାଟ୍ରନ୍, ମୁଖ୍ୟ ମ୍ୟାଟ୍ରନ୍, ପିଏଚ୍‌ଏନ୍, ଡ଼ିପିଏଚ୍‌ଏନ୍, ବିଏସ୍‌ସି ନର୍ସିଙ୍ଗ୍ ଓ ଏମ୍‌ଏସ୍‌ସି ନର୍ସିଙ୍ଗ୍‌କୁ ବୁଝାଏ। ଏଠାରେ ସେବିକାମାନଙ୍କ କାର୍ଯ୍ୟ ସଂପର୍କରେ ଏକ ବାସ୍ତବ ଚିତ୍ର ଉପସ୍ଥାପନର ଆବଶ୍ୟକତା ରହିଛି। ଗ୍ରାମାଂଚଳ ଲୋକମାନଙ୍କୁ ଏଏନ୍‌ଏମ୍ ମାନେ ପ୍ରତ୍ୟକ୍ଷ ସ୍ୱାସ୍ଥ୍ୟସେବା ଯୋଗାଉଥିବା ବେଳେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରୁ ଆରମ୍ଭକରି ବଡ ମେଡ଼ିକାଲରେ ଅନ୍ୟ ସେବିକାମାନେ ରୋଗୀମାନଙ୍କୁ ପ୍ରତ୍ୟେକ୍ଷ ସେବା ଯୋଗାଇଥାନ୍ତି। ଏଲ୍‌ଏଚ୍‌ଭିମାନେ ଗ୍ରାମାଂଚଳ ସ୍ୱାସ୍ଥ୍ୟସେବା ପରିଚାଳନା କରୁଥିବା ବେଳେ ସିଷ୍ଟର ଟିଉଟରମାନେ(ବିଏସ୍‌ସି ନର୍ସିଙ୍ଗ୍ /ଏମ୍‌ଏସ୍‌ସି ନର୍ସିଂ)ସେବିକା ମାନଙ୍କୁ ଶିକ୍ଷାଦାନ ତଥା ତାଲିମ୍ ଦେଇଥାନ୍ତି। ଜଣେ ରୋଗୀର ପରୀକ୍ଷା-ନିରିକ୍ଷା ଓ ଔଷଧ ଚିଠା ପାଇଁ ଡାକ୍ତରଙ୍କ ସମେତ ଅନ୍ୟ କର୍ମଚାରୀଙ୍କର ଅଳ୍ପ ସମୟ ବ୍ୟୟ ହେଉଥିବା ବେଳେ ରୋଗୀର ଆରୋଗ୍ୟ ପାଇଁ ସେବିକା ଦିନ-ଦିନ, ମାସ-ମାସ, ବର୍ଷ-ବର୍ଷ ଧରି ସେବା ଯୋଗାଇଥାଏ। ସେବିକାମାନଙ୍କର କର୍ତବ୍ୟନିଷ୍ଠା ଓ ସେବା ମନୋଭାବ, ଆଚରଣ ବା ମାନସିକ ସହଯୋଗ ରୋଗୀକୁ ଆରୋଗ୍ୟ କରିଥାଏ। ସେବିକାମାନଙ୍କର ଆନ୍ତରିକତା ଓ ନିଷ୍ଠାପର ଉଦ୍ୟମ ଯୋଗୁ ରାଜ୍ୟରେ ସ୍ୱାସ୍ଥ୍ୟସେବାର ଉନ୍ନତି ହେଉଥିବା ପରିଲକ୍ଷିତ ହେଉଛି। ଏଣୁ ସେମାନଙ୍କର କେତେକ ମୌଳିକ ସମସ୍ୟା ସମାଧାନ ଦିଗରେ ରାଜ୍ୟ ସରକାର ଆନ୍ତରିକତା ଦେଖାଇବା ଆବଶ୍ୟକ।

ସବୁଠୁ ବେଶୀ ସମସ୍ୟାର ସମ୍ମୁଖୀନ ହେଉଥିବା ଏଏନ୍‌ଏମ୍ ଙ୍କୁ ଏଠାରେ ଉଦାହରଣ ଭାବେ ନିଆଯାଇପାରେ। ୭୫ଭାଗ ଲୋକେ ବାସ କରୁଥିବା ଗ୍ରାମାଂଚଳରେ କେବଳ ଉପସ୍ୱାସ୍ଥ୍ୟକେନ୍ଦ୍ର ହିଁ ଲୋକଙ୍କର ସାହା-ଭରସା ହୋଇଥାଏ। ଏଏନ୍‌ଏମ୍ ମାନେ ଯୋଗ୍ୟତା ଓ ମେରିଟ୍ ଭିତିରେ ରାଜ୍ୟ ସରକାରଙ୍କ ଦ୍ୱାରା ମନୋନିତ ହୋଇ ସରକାରୀ ବୈଷୟିକ ତାଲିମ ଶେଷ କଲାପରେ ନର୍ସିଂ କାଉନ୍‌ସିଲ୍‌ରେ ନିଜ ନାମ ପଞ୍ଜିକରଣ କରାନ୍ତି ଓ ପରବର୍ତୀ ସମୟରେ ସରକାରଙ୍କ ଦ୍ୱାରା ନିଯୁକ୍ତି ପାଆନ୍ତି। ଏଏନ୍‌ଏମ୍‌ର ପୂର୍ଣ୍ଣ ଅର୍ଥ ହେଲା, ଅକ୍‌ଜୁଲାରୀ ନର୍ସ ମିଡ଼୍‌ଓ୍ୱାଇଫରୀ ବା ନର୍ସ, ଯିଏ ଗ୍ରାମାଂଚଳରେ ରୋଗୀଙ୍କୁ ସିଧା ମୌଳିକ ସ୍ୱାସ୍ଥ୍ୟସେବା ଯୋଗାଇଥାଏ। ଏକପ୍ରକାର ସେ ଗାଁର ଡ଼ାକ୍ତର। ଏଏନ୍‌ଏମ୍ ଟ୍ରେନିଂ ପାଇଁ ନର୍ସିଂ ଡ଼ାଇରେକ୍ଟୋରେଟ୍ (ସେବିକା ନିର୍ଦ୍ଦେଶାଳୟ) ଦ୍ୱାରା ବିଜ୍ଞପ୍ତି ପ୍ରକାଶ ପାଏ। ନର୍ସିଂ ଏଣ୍ଡ ମିଡ଼୍‌ଓ୍ୱାଇଫରୀ କାଉନସିଲ୍ ଏବଂ ସେବିକା ନିର୍ଦ୍ଦେଶାଳୟର ମିଳିତ ସହଯୋଗରେ ଏଏନ୍‌ଏମ୍ ଟ୍ରେନିଂ ଓ ପରୀକ୍ଷା ପରିଚାଳିତ ହୁଏ। ଏଏନ୍‌ଏମ୍ ର ପଦୋନ୍ନତି ପଦବୀ ସ୍ୱାସ୍ଥ୍ୟ ପରିଦର୍ଶିକା(ଏଲ୍‌ଏଚ୍‌ଭି) ପାଇଁ ତାଲିମ୍ ମଧ୍ୟ ସେବିକା ନିର୍ଦ୍ଦେଶାଳୟ ଦ୍ୱାରା ପରିଚାଳିତ ହୁଏ। ଏଏନ୍‌ଏମ୍ କାର୍ଯ୍ୟର ପ୍ରକୃତି ନର୍ସିଂ। ନିଜ କର୍ମକ୍ଷେତ୍ରରେ ରହି ସେ ନିୟମିତ ଜନସାଧାରଣଙ୍କୁ ମୌଳିକ ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ସହ ୦ରୁ ୧୪ବର୍ଷ ବୟସର ଶିଶୁ ଓ ଗର୍ଭବତୀ ମା’ମାନଙ୍କୁ ପ୍ରତିଷେଧକ ଟୀକାଦାନ ଓ ଯତ୍ନ, ୧୪ରୁ ୫୦ ବର୍ଷ ବୟସର କିଶୋରୀ ଓ ମା’ମାନଙ୍କର ଆବଶ୍ୟକୀୟ ଯତ୍ନ, ମାତୃ ଓ ଶିଶୁ ମୃତ୍ୟୁହାର ହ୍ରାସ ପାଇଁ ମା’ ଓ ଶିଶୁର ନିୟମିତ ଯତ୍ନ, ମୃତ୍ୟୁ ନହୋଇ ପ୍ରାକୃତିକ ପ୍ରସବ କରାଇବା, ଡ଼ାଇରିଆ, ମ୍ୟାଲେରିଆ, କୁଷ୍ଠ ଓ ଯକ୍ଷ୍ମା ଆଦି ମାରାତ୍ମକ ରୋଗୀଙ୍କୁ ଚିକିତ୍ସା ସେବା ଯୋଗାଇଦେବା ଓ ରକ୍ତକାଚ ନମୂନା ସଂଗ୍ରହ ଆଦି କାର୍ଯ୍ୟରେ ନିୟୋଜିତ ରୁହନ୍ତି। ପରିବାର କଲ୍ୟାଣ ଅସ୍ତୋପଚାର ପରେ ସେ ସଂପୃକ୍ତ ମା’ ମାନଙ୍କୁ ସଂପୂର୍ଣ୍ଣ ଚିକିତ୍ସା ସେବା ଯୋଗାଇ ଦେଇଥାଏ। ଚିକିତ୍ସା ସେବା ଯୋଗାଇବା ବେଳେ କିଛି ଅଘଟଣ ଘଟିଲେ, ସେ ଆକ୍ରମଣ ବା ଗାଳିଗୁଲଜ୍‌ର ଶିକାର ହୁଏ ତ ଯେକୌଣସି ସମୟରେ (ବିଳମ୍ବିତ ରାତିରେ ବି) ରୋଗୀକୁ ମୌଳିକ ସେବା ଯୋଗାଇଥାଏ ତ କାହାର ଥଟ୍ଟା-ପରିହାସର ଶିକାର ହୁଏ। ମାତୃ ଓ ଶିଶୁ ମୃତ୍ୟୁହାର ହ୍ରାସ, ପରିବାର ନିୟୋଜନ କାର୍ଯ୍ୟକ୍ରମର ସଫଳତା, ସଂକ୍ରାମକ ଓ ମାରାତ୍ମକ ରୋଗର ନିୟନ୍ତ୍ରଣ, ଜନ୍ମ ମୃତ୍ୟୁ ରିପୋର୍ଟ ଆଦି ସେ ସରକାରଙ୍କୁ ପ୍ରଦାନ କରନ୍ତି। ଜାତୀୟ ସ୍ୱାସ୍ଥ୍ୟ ମିସନ୍ ଅନ୍ତର୍ଗତ ଜନନୀ ଶିଶୁ ସୁରକ୍ଷା ଯୋଜନା ଓ ମମତା ଯୋଜନା ସମେତ ବିଭିନ୍ନ କାର୍ଯ୍ୟକ୍ରମର ୧୦୦ ଭାଗ ସଫଳତା ଏଏନ୍‌ଏମ୍‌ଙ୍କର ଆନ୍ତରିକତା ଓ ନିଷ୍ଠାପରତା ପାଇଁ ସମ୍ଭବ ହେଉଛି। ବିଭାଗୀୟ ବୈଠକ, ନିୟମିତ ସ୍ୱାସ୍ଥ୍ୟସେବାଜନିତ ରିପୋର୍ଟ ସରକାରଙ୍କୁ ପ୍ରଦାନ, ସ୍ୱାସ୍ଥ୍ୟ ସଂପର୍କିତ ସରକାରୀ ସୂଚନା ଲୋକଙ୍କୁ ଦେବା ଓ ସ୍ୱାସ୍ଥ୍ୟସେବାର ଉନ୍ନତି ପାଇଁ ଜନସଚେତନତା ସୃଷ୍ଟି ଆଦି ଏଏନ୍‌ଏମ୍‌ଙ୍କର ପ୍ରଧାନ କାର୍ଯ୍ୟ ହୋଇଥିଲା ବେଳେ ନିଜ ଅଂଚଳରେ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ପାଇଁ ସେ ସରକାରଙ୍କ ପାଖରେ ଉତରଦାୟୀ ରହିଥାଆନ୍ତି। ମାତ୍ର ସେମାନଙ୍କର କେତେକ ମୌଳିକ ସମସ୍ୟା ସମାଧାନ ନେଇ ରାଜ୍ୟ ସରକାରଙ୍କ ଆନ୍ତରିକତା ନଥିବାବେଳେ ସେମାନଙ୍କର ପଦୋନ୍ନତି ଓ ଆବଶ୍ୟକୀୟ କାର୍ଯ୍ୟଦକ୍ଷତା ବୃଦ୍ଧି ଦିଗରେ କୌଣସି ପଦକ୍ଷେପ ନିଆଯାଉନାହିଁ।

୨୦୧୩ରେ ନର୍ସିଂ ନିର୍ଦ୍ଦେଶାଳୟ କାର୍ଯ୍ୟକାରୀ ହେବାରୁ ଯଦିଓ ସମସ୍ତଙ୍କ ମନରେ ଆଶାର ସଂଚାର ହୋଇଥିଲା, ମାତ୍ର ଏଏନ୍‌ଏମ୍‌ଙ୍କ ପାଇଁ ଏହି ନିର୍ଦ୍ଦେଶାଳୟ ମଙ୍ଗଳଦାୟକ ହୋଇପାରିନାହିଁ। ନିର୍ଦ୍ଦେଶାଳୟରେ ସେମାନଙ୍କ କ୍ୟାଡ଼ରର କିଛି ପଦବୀ ସୃଷ୍ଟି କରାଯିବାର ଆବଶ୍ୟକତା ରହିଛି। ଏହାଦ୍ୱାରା ଏଏନ୍‌ଏମ୍‌ଙ୍କ କାର୍ଯ୍ୟଦକ୍ଷତା ବୃଦ୍ଧି ପାଇବ। ତେବେ ବିଭିନ୍ନ ବର୍ଗର ସେବିକାଙ୍କୁ ନେଇ ଆନ୍ତର୍ଜାତୀୟ ଓ ଜାତୀୟ ନର୍ସିଂ କାଉନସିଲ୍ ଢାଂଚାରେ ସେବିକା ନିର୍ଦ୍ଦେଶାଳୟରେ ପଦବୀ ସୃଷ୍ଟି କରାଯିବାର ଥିଲା ବୋଲି ସ୍ୱାସ୍ଥ୍ୟ ବିଶେଷଜ୍ଞ ମହଲରେ ମତ ପ୍ରକାଶ ପାଉଛି। ଓଡ଼ିଶାରେ ଏଏନ୍‌ଏମ୍‌ମାନଙ୍କୁ ଅଧିକ ଦକ୍ଷ ଓ ଶୃଙ୍ଖଳିତ କରିବା ପାଇଁ ୨୦୧୨ରେ ଭାରତ ସରକାରଙ୍କ ଦ୍ୱାରା ପ୍ରସ୍ତୁତ ତଥା ବିଭିନ୍ନ ରାଜ୍ୟରେ କାର୍ଯ୍ୟକାରୀ କ୍ୟାଡ଼ର୍ ରୁଲ୍ (ଚିଠି ନଂ.ଏମ୍ ୧୨୦୧୫/୮୪/୨୦୧୦-ଏମ୍ ସିଏଚ୍/ ତା.୧୯.୧୨. ୨୦୧୨) ତୁରନ୍ତ କାର୍ଯ୍ୟକାରୀ ହେବା ଉଚିତ। ଏହାଦ୍ୱାରା ଏଏନ୍‌ଏମ୍‌ଙ୍କର କାର୍ଯ୍ୟ ଦକ୍ଷତା ବୃଦ୍ଧି ହେବା ସହ ଗ୍ରାମାଂଚଳ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ମଜଭୁତ ହୋଇପାରିବ।

ସେହିପରି କରୋନା ସମୟରେ ମୁଖ୍ୟତଃ ନର୍ସମାନଙ୍କର ସେବାକୁ ସବୁ ମହଲରେ ଭୂରି ଭୂରି ପ୍ରଶଂସା କରାଯାଇଥିଲା। ଏଣୁ ସେମାନଙ୍କର ସେବାକୁ ସମ୍ମାନ ଦେଇ ସେମାନଙ୍କ ଅବସର ବୟସ ସୀମା ୬୫ ବର୍ଷକୁ ବୃଦ୍ଧି କରାଯିବାର ଆବଶ୍ୟକତା ଥିବା ବିଭିନ୍ନ ମହଲରେ ମତ ପ୍ରକାଶ ପାଉଛି। ମହାମାରୀର ତାଣ୍ଡବ ବେଳେ ନର୍ସମାନେ ନିଜ ଜୀବନକୁ ଖାତିର ନକରି ସାଧାରଣ ଲୋକମାନଙ୍କୁ ଅକୁଣ୍ଠିତ ସେବା ଯୋଗାଇ ଥିବାରୁ ମୁଖ୍ୟମନ୍ତ୍ରୀ ମଧ୍ୟ ସେମାନଙ୍କୁ ପ୍ରଶଂସା କରିଛନ୍ତି। ଆଗାମୀ ବର୍ଷ ମାନଙ୍କରେ ବହୁ ନର୍ସ ଅବସର ନେବେ। ମାତ୍ର ଏହି ସମୟରେ ସରକାର ସେହି ଅଭିଜ୍ଞ ନର୍ସମାନଙ୍କୁ ଅବସର ଦେବା ଠିକ୍ ନୁହେଁ ବୋଲି କୁହାଯାଉଛି। ଏଣୁ ମୁଖ୍ୟମନ୍ତ୍ରୀ ନର୍ସମାନଙ୍କର ଅବସର ବୟସ ୬୫ ବର୍ଷକୁ ବୃଦ୍ଧି କରି ସେମାନଙ୍କ ଉତ୍ସର୍ଗୀକୃତ ସେବାକୁ ପୁରସ୍କୃତ କରିବା ଆବଶ୍ୟକ। ଏହାଦ୍ୱାରା ନର୍ସ ଅଭାବ ପୂରଣ ହେବା ସହ ସେମାନଙ୍କ ନିଷ୍ଠା ପାଇଁ ସରକାର କିଛି କଲେ ବୋଲି ଜଣା ପଡ଼ିବ।

# ମହିଳାମାନେ ସମାଜର ଗୁରୁତ୍ୱପୂର୍ଣ୍ଣ ଅଙ୍ଗ



ଭୁବନେଶ୍ୱର (ପିଏନ୍): ସମାଜ ଗଢ଼ିବା ଠାରୁ ପରିବାର ଗଠନ, ଶିକ୍ଷାଦାନ କିମ୍ବା ଅନ୍ୟ ଯେ କୌଣସି କାର୍ଯ୍ୟରେ ମହିଳାମାନେ ସେମାନଙ୍କର ଶକ୍ତି, ନିଷ୍ଠା ଏବଂ ବିଶ୍ୱାସର ପରାକାଷ୍ଠା ପ୍ରଦର୍ଶନ କରି ଆସିଛନ୍ତି । ମହିଳାମାନଙ୍କର କର୍ତ୍ତବ୍ୟ କେବଳ ପରିବାର ଭିତରେ ସୀମତି ହୋଇ ରହିନାହିଁ । ସମାଜର ଗୁରୁଦାୟିତ୍ୱ ତୁଲାଇବାରେ ମଧ ସେମାନେ ଅଣ୍ଟା ଭିଡିଛନ୍ତି । ଏକଥା ଆଜି ସି.ସି.ଡବ୍ଲୁ.ଡି ଓ ଆକ୍ସନ୍ ଏଡ଼ର ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ରୋଟାରୀ କ୍ଲବ ସଭାକକ୍ଷ ଠାରେ ଆନ୍ତର୍ଜାତିକ ମହିଳା ଦିବସ ୨୦୨୨ ଅବକାଶରେ “ଆଜି ଆଗାମୀକାଲି ନିମନ୍ତେ” “ଲିଙ୍ଗଗତ ସମାନତା” ବିଷୟବସ୍ତୁ ଉପରେ ବିଭିନ୍ନ ବକ୍ତାମାନେ ମତପ୍ରକାଶ କରିଛନ୍ତି । ମୁଖ୍ୟ ଅତିଥି ଭାବରେ ରାଜ୍ୟ ଶିଶୁ ଅଧିକାର ସୁରକ୍ଷା ଆୟୋଗରେ ଅଧକ୍ଷା ସନ୍ଧ୍ୟାବତୀ ପ୍ରଧାନ ପ୍ରଦୀପ ପ୍ରଜ୍ୱଳନ କରି କହିଲେ ଯେ ମହିଳାମାନେ ସମାଜର ଗୁରୁତ୍ୱପୂର୍ଣ୍ଣ ଅଙ୍ଗ । ପ୍ରତ୍ୟେକ କ୍ଷେତ୍ରରେ ନାରୀର ଅବଦାନ ରହି ଆସିଅଛି । ଏଣୁ ଯୁବତୀ ଓ ମହିଳାମାନେ ନିଜର ଅଧିକାରକୁ ସାବ୍ୟସ୍ତ କରିବା ପାଇଁ ଆଗେଇ ଆସିବାକୁ ପଡିବ ବୋଲି ମତବ୍ୟକ୍ତ କରିଥିଲେ । ଅନ୍ୟତମ ଅତିଥି ଭାବରେ ଡ. ବତିନ୍ଦ୍ରୀ ଜେନା, ଡ. ମମତା ନାୟକ ଓ ଆକ୍ସନ୍‌ଏଡ଼ର ସହଯୋଗୀ ନିର୍ଦ୍ଦେଶକ ଦେବବ୍ରତ ପାତ୍ର, ଶୁଭେନ୍ଦୁ କୁମାର ରାୟ ପ୍ରମୁଖ ବକ୍ତବ୍ୟ ରଖିଥିଲେ । କାର୍ଯ୍ୟକ୍ରମର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ସଂପର୍କରେ ସିସିଡବ୍ଲୁଡିର ସଂପାଦକ ସଦାଶିବ ସ୍ୱାଇଁ ଅଭିଭାଷଣ ରଖିଥିଲେ । ଭୁବନେଶ୍ୱର ୟଙ୍ଗ୍ ଅର୍ବାନ୍ ଓମେନ୍ ଫୋରମ୍‌ର ସଭାପତି ଇତିଶ୍ରୀ ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ରୋଜାଲିନ୍ ବେହେରା ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ଶିକ୍ଷକନେତା ଗୋଦାବରୀଶ ପାଇକରାୟଙ୍କ ପରଲୋକ



ଖୋର୍ଦ୍ଧା (ପିଏନ୍): କଳିଙ୍ଗ ପାଇକ ସଂଗଠନର କାର୍ଯ୍ୟକାରିଣୀ ସଦସ୍ୟ, ରାଜ୍ୟସ୍ତରୀୟ ଶିକ୍ଷକ ନେତା ଗୋଦାବରୀଶ ପାଇକରାୟଙ୍କର ୬୯ ବର୍ଷ ବୟସରେ ପରଲୋକ ହୋଇଯାଇଛି। ସେ ବୃକକ୍ ଜନିତ ରୋଗରେ ପୀଡ଼ିତ ହୋଇ ଭୁବନେଶ୍ୱରର ଏକ ଘରୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଥିଲେ। ଐତିହ୍ୟପ୍ରସିଦ୍ଧ ଗଡ଼ମାଣିତ୍ରୀ ଗ୍ରାମର ସୁଯୋଗ୍ୟ ସନ୍ତାନ ସ୍ୱର୍ଗତଃ ପାଇକରାୟ ଜଣେ ଭଲ ଶିକ୍ଷକ ଭାବେ ସୁନାମ ଅର୍ଜନ କରିବା ସହ ଖୋର୍ଦ୍ଧା ଶିକ୍ଷା ଜିଲା ଶିକ୍ଷକ ସଂଗଠନର ଜିଲା ସଭାପତି ଏବଂ ରାଜ୍ୟସ୍ତରୀୟ ଅବସରପ୍ରାପ୍ତ ନିମ୍ନ ମାଧ୍ୟମିକ ଶିକ୍ଷକ ସଂଘର ଉପ-ସଭାପତି ଭାବେ କାର୍ଯ୍ୟ କରି ଶିକ୍ଷାବ୍ୟବସ୍ଥାରେ ସଂସ୍କାର ପାଇଁ ଅହରହ ଉଦ୍ୟମ କରିଥିଲେ। ବେଗୁନିଆ ତଥା ଖୋର୍ଦ୍ଧା ଜିଲାର ବିଭିନ୍ନ ସଂଗଠନ ସହ ସଂପୃକ୍ତ ହୋଇ ସମାଜସେବାରେ ବ୍ରତୀ ହୋଇଥିଲେ। ତାଙ୍କ ବିୟୋଗରେ କଳିଙ୍ଗ ପାଇକ ସଂଗଠନ ପକ୍ଷରୁ ଏକ ଶୋକସଭା ଉପଦେଷ୍ଟା ଭୀମସେନ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଐତିହାସିକ ସତ୍ୟବାଦୀ ବଳିଆରସିଂହ, ଖୋର୍ଦ୍ଧା ଜିଲ୍ଲା ଶିକ୍ଷକ ସଂଘ ସାଧାରଣ ସଂପାଦକ ସୁରେଶ ଚନ୍ଦ୍ର ବିଶ୍ୱାଳ, ପୂର୍ବତନ ଅନୁ ନିରୀକ୍ଷକ ଚୈତନ୍ୟ ଜେନା, ସମାଜସେବୀ କୃଷ୍ଣଚନ୍ଦ୍ର ହରିଚନ୍ଦନ, ପ୍ରଫୁଲ୍ଲ କୁମାର ସାମନ୍ତରାୟ, ସୁଷମା ପ୍ରଧାନ, ଧରଣୀଧର ଛୋଟରାୟ ପ୍ରମୁଖ ଯୋଗଦେଇ ସ୍ୱର୍ଗତଃ ପାଇକରାୟଙ୍କ ବହୁମୁଖୀ ଗୁଣାବଳୀ ସଂପର୍କରେ ସ୍ମୃତିଚାରଣ କରିଥିଲେ। ସ୍ୱର୍ଗତଃ ପାଇକରାୟଙ୍କ ମୃତ୍ୟୁରେ ବିଶିଷ୍ଟ ଶିକ୍ଷାବିତ୍ କାଳିଚରଣ ଜୟସିଂହ, କବି ବଳରାମ ରଣସିଂହ, ଗଙ୍ଗାଧର ଜେନା, ଲଛମନ ପରିଡ଼ା, ନିରଂଜନ ସାମନ୍ତସିଂହାର, ସୁଜାତା ସାହୁ ପ୍ରମୁଖ ଶୋକପ୍ରକଟ କରି ତାଂକ ବିୟୋଗ ଶିକ୍ଷକ ସମାଜର ଅପୂରଣୀୟ କ୍ଷତି ବୋଲି ମତବ୍ୟକ୍ତ କରିଛନ୍ତି।

# ରାଉରକେଲା ମହିଳା କଂଗ୍ରେସ ତରଫରୁ ଆନ୍ତର୍ଜାତୀୟ ମହିଳା ଦିବସ ପାଳିତ

ରାଉରକେଲା (ପିଏନ୍): ରାଉରକେଲା ଜିଲ୍ଲା ମହିଳା କଂଗ୍ରେସ ତରଫରୁ ଗତ ତା-୮.୩.୨୨ରିଖରେ ଆନ୍ତର୍ଜାତୀୟ ମହିଳା ଦିବସ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟ କଂଗ୍ରେସ ଭବନଠାରେ ପାଳିତ ହୋଇଯାଇଛି । ଜିଲ୍ଲା ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ବିରେନ ସେନାପତି ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉପସ୍ଥିତ ମହିଳା କଂଗ୍ରେସ କର୍ମୀ, କର୍ମକର୍ତ୍ତା ଓ ଶୁଭେଚ୍ଛୁମାନଙ୍କୁ ସମ୍ବୋଧିତ କରିଥିଲେ । ଶ୍ରୀ ସେନାପତି ତାଙ୍କ ବକ୍ତବ୍ୟରେ ଆଜିର ଦିବସରେ ଆମର ମହିଳାମାନେ ସାମାଜିକ, ରାଜନୈତିକ, ଅର୍ଥନୈତିକ ତଥା ସାଂସ୍କୃତିକ କ୍ଷେତ୍ରରେ କେତେ ସଫଳତା ହାସଲ କରିଛଁନ୍ତି ସେ ସମ୍ପର୍କରେ ଚର୍ଚ୍ଚା କରି ଆହୁରି ଅଧିକ ସଫଳତା ହାସଲ ପାଇଁ ସେମାନଙ୍କୁ ପ୍ରୋତ୍ସାହିତ କରିବା ଆବଶ୍ୟକତା ରହିଛି ବୋଲି କହିଥିଲେ । ଚଳିତ ୨୦୨୨ର ଆ’ର୍ଜାତୀୟ ମହିଳା ଦିବସର ସ୍ଲୋଗାନ ପକ୍ଷପାତ ଦୂର ହେଉ’କୁ କାର୍ଯ୍ୟକାରୀ କରିବାରେ ସମସ୍ତ ମହିଳା ନିଷ୍ଠାର ସହିତ ସଙ୍ଗଠିତ ହୋଇ ଆଗକୁ ବଢିବାକୁ ଶ୍ରୀ ସେନାପତି ଆହ୍ୱାନ ଜଣାଇବା ସହିତ ଏହାର ନେତୃତ୍ୱ ମହିଳା କଂଗ୍ରେସ ନେବାକୁ ସେ ପରାମର୍ଶ ଦେଇଥିଲେ । ଏହି ଅବସରରେ ମୁଖ୍ୟବକ୍ତା ଭାବେ ସମାଜସେବୀ ତଥା ଶକ୍ତିବାହିନୀ ଅଧକ୍ଷା ଶ୍ରଦ୍ଧା ଷଡଙ୍ଗୀ ବକ୍ତବ୍ୟ ରଖି ସମ୍ପ୍ରତି ମହିଳାମାନଙ୍କ ଉପରେ ହେଉଥିବା ଜୁଲମ, ଅତ୍ୟାଚାର, ନିର୍ଯ୍ୟାତନାକୁ ମହିଳାମାନେ ଦୃଢ଼ତାର ସହିତ ମୁକାବିଲା କରିବାକୁ ଆହ୍ୱାନ ଜଣାଇଥିଲେ । ସମ୍ପ୍ରତି ମହିଳାମାନଙ୍କ ସୁରକ୍ଷା ପାଇଁ ବିଭିନ୍ନ ଆଇନ୍ ପ୍ରଣୟନ ହୋଇଥିବାରୁ ଏସବୁ ଦିଗରେ ମହିଳାମାନେ ସଚେତନ ହୋଇ ନିଜକୁ ସୁରକ୍ଷିତ ରଖିବା ସହିତ ଅନ୍ୟମାନଙ୍କର ସୁରକ୍ଷା ପାଇଁ ଏହି ଆଇନ୍‌ର ସୁବିଧା ନେବାକୁ ପରାମର୍ଶ ଦେଇଥିଲେ । ଏହି ଅବସରରେ ସମ୍ମାନିତ ଅତିଥି ଭାବେ ଜିଲ୍ଲା କଂଗ୍ରେସର ଉପସଭାପତି ଦେବବ୍ରତ ବିହାରୀ, ସନ୍ତୋଷ ବିଶ୍ୱାଳ, କୀର୍ତ୍ତନ ଦାସ, ସାଧାରଣ ସମ୍ପାଦିକା ତୁଳସୀ ନାଗ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ପୂର୍ବତନ ସାଧାରଣ ସମ୍ପାଦିକା ଲକ୍ଷ୍ମୀପ୍ରିୟା ଜେନା, ଯୁବନେତା ଦିଲ୍ଲୀପ ଲାହିରି ପ୍ରମୁଖ ବକ୍ତବ୍ୟ ରଖି ମହିଳାମାନେ ସମ୍ମୁଖୀନ ହେଉଥିବା ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିବା ସହିତ ମହିଳା କଂଗ୍ରେସ ନେତୃତ୍ୱରେ ସେସବୁ ସମସ୍ୟାର ସମାଧାନ ପାଇଁ ଲଢେଇ କରିବାକୁ ପରାମର୍ଶ ଦେଇଥିଲେ । କଂଗ୍ରେସ ଦଳ ମହିଳାଙ୍କ ସୁରକ୍ଷା ତଥା ସମୃଦ୍ଧି କଥା ସର୍ବଦା ଚିନ୍ତା କରି ସେମାନଙ୍କ ପାଇଁ ବିଭିନ୍ନ ଆଇନ୍ ଓ କାର୍ଯ୍ୟକ୍ରମ ଗ୍ରହଣ କରିଥାଏ ବୋଲି ନେତୃବୃନ୍ଦ ପ୍ରକାଶ କରି ସମ୍ପ୍ରତି ପଞ୍ଚାୟତିରାଜ ଓ ନଗରପାଳିକା ନିର୍ବାଚନରେ ୫୦ ପ୍ରତିଶତ ମହିଳାଙ୍କ ପ୍ରତିନିଧିତ୍ୱ ଦୂରଦର୍ଶୀ କଂଗ୍ରେସ ନେତୃତ୍ୱର ଅବଦାନ ବୋଲି କହିଥିଲେ । ତେଣୁ କଂଗ୍ରେସ ଦଳ ବିଗତ ଦିନରେ ମହିଳା ପ୍ରଧାନମନ୍ତ୍ରୀ, ମହିଳା ରାଷ୍ଟ୍ରପତି, ଓଡିଶାର ମୁଖ୍ୟମନ୍ତ୍ରୀ ଭାବେ ଜଣେ ଜଣେ ମହିଳାଙ୍କୁ ଅବସ୍ଥାପିତ କରି ମହିଳାଙ୍କ ସମ୍ମାନ ଓ ସମୃଦ୍ଧି ପ୍ରତି ତାର ପ୍ରତିବଦ୍ଧତାକୁ ସ୍ପଷ୍ଟ କରିଛି ବୋଲି ନେତୃବୃନ୍ଦ ପ୍ରକାଶ କରିଥିଲେ । ପରିଶେଷରେ ନାରୀନେତ୍ରୀ ସୁନୀତା ଲାକ୍ରା କାର୍ଯ୍ୟକ୍ରମର ସଫଳତା ପାଇଁ ସମସ୍ତଙ୍କୁ ଧନ୍ୟବାଦ ଦେଇଥିବା ବେଳେ ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ରୁକସାନା ବେଗମ, ପ୍ରତିମା ପାଣିଗ୍ରାହୀ, ଝୁନୁ ପଟ୍ଟନାୟକ, ସରିତା ଟପ୍ପୋ, ସରିତା କୁଲୁ, ସୁହାସିନି କୁଆ, ସୁଧୀର ନାଥ, ସେବାଦଳର ବୁଲୁ ଦାସ, ଦିଲ୍ଲୀପ ଜେନା, ରେହେମାନ ଖାନ, ନବାବ ଖାନ ପ୍ରମୁଖଙ୍କ ସମେତ ଶତାଧିକ ମହିଳା କର୍ମକର୍ତ୍ତା ଓ କର୍ମୀ ଉପସ୍ଥିତ ଥିଲେ ବୋଲି ଜିଲ୍ଲା ମୁଖପାତ୍ର କୈଳାସ ସାହୁ ଏକ ପ୍ରେସ୍ ବିବୃତିରେ ଜଣାଇଛନ୍ତି ।

# ଆବର୍ଜନା ପୂର୍ଣ୍ଣ ଭୋଟ ଗଣନା କେନ୍ଦ୍ର



କେନ୍ଦ୍ରାପଡ଼ା (ପିଏନ୍): କୁଢକୁଢ ଆବର୍ଜନା ଭିତରେ ଚାଲିଛି ମତଗଣନା। କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟ ବାଣିଜ୍ୟ ବିଭାଗ ବ୍ଲକ ପରିସରରେ କିଛି ଏମିତି ଦୃଶ୍ୟ ଦେଖିବାକୁ ମିଳିଥିଲା। ଏଣେତେଣେ ଜମା ହୋଇଛି ପୁଳା ପୁଳା ପଲିଥିନ, ଖାଲି ପାଣିବୋତଲ, ଅଇଁଠାପତ୍ର, ଥର୍ମକୁଲ ଠୋଲା ପ୍ରଭୃତି। ପ୍ରଥମ ଦିନ ମତଗଣନା ପରେ କଲେଜ ପରିସରରେ ଯେଉଁ ଆବର୍ଜନା ଜମା ହେଲା ସେସବୁକୁ ଅନ୍ୟତ୍ର ଉଠାଇ ନେବା ସହ ପରିଷ୍କାର ପରିଚ୍ଛନ୍ନତା ପାଇଁ ପ୍ରଶାସନ ପକ୍ଷରୁ କୌଣସି ବ୍ୟବସ୍ଥା କରାଯାଇନଥିଲା। ଫଳରେ ମତଗଣନାର ଦ୍ୱିତୀୟ ଦିନରେ ପରିବେଶ ଅତ୍ୟନ୍ତ ଅପରିଷ୍କାର ହୋଇ ପଡିଥିଲା। ତେବେ ଦ୍ୱିତୀୟ ଦିନ ସକାଳୁ ମିଡିଆ ଗ୍ୟାଲେରୀ ସମେତ ବିଭିନ୍ନ ସ୍ଥାନରେ ଜମା ହୋଇ ରହିଥିବା କୁଢ କୁଢ ଆବର୍ଜନାକୁ ଉପସ୍ଥିତ ସାମ୍ବାଦିକମାନେ ଝାଡୁ କରି ପରିଷ୍କାର ପରିଛନ୍ନ କରିଥିଲେ। ମତଗଣନାର ଦ୍ୱିତୀୟ ସନ୍ଧ୍ୟା ସୁଦ୍ଧା ଆବର୍ଜନା ପରିମାଣ ଆହୁରି ବଢି ଯାଇଥିଲା। ବିଭିନ୍ନ ଖାଦ୍ୟ ଷ୍ଟଲ ନିକଟରେ ଅଇଁଠା ପତ୍ର ମଧ ଜମା ହୋଇ ରହିଥିବା ଦେଖିବାକୁ ମିଳିଥିଲା। ସୂଚନାଯୋଗ୍ୟ ଯେ କେନ୍ଦ୍ରାପଡା କଲେଜ ପରିସରରେ ଭୋଟ ଗଣତି କେନ୍ଦ୍ର କରାଯାଇଥିଲା। ନାନା ଅବ୍ୟବସ୍ଥା ମଧ୍ୟରେ ଦୁଇ ଦିନ ଧରି ଭୋଟ ଗଣତି ଚାଲିଥିଲା। ଏଠାରେ ଡଷ୍ଟବିନଟିଏ ନାହିଁ। ଫଳରେ ମତଗଣନା କାର୍ଯ୍ୟରେ ନିୟୋଜିତ ସରକାରୀ କର୍ମଚାରୀମାନେ ଆବର୍ଜନା ଏଣେତେଣେ ପକାଇବାକୁ ବାଧ ହେଉଥିଲେ। ଦୁର୍ଗନ୍ଧପୂର୍ଣ୍ଣ ପରିବେଶ ଯୋଗୁଁ ଦାୟିତ୍ୱରେ ଥିବା ପୋଲିସ ଅଧିକାରୀ ଓ କର୍ମଚାରୀଙ୍କ ସମେତ ଖବର ସଂଗ୍ରହ ପାଇଁ ଉପସ୍ଥିତ ଥିବା ସାମ୍ବାଦିକମାନେ ନାନା ସମସ୍ୟାର ସମ୍ମୁଖୀନ ହେଉଥିଲେ। ଏଥିନେଇ ପ୍ରଶାସନର କୌଣସି ଚିନ୍ତା ନଥିବା ଦେଖାଦେଇଥିଲା।

# ବୀର ସୁରେନ୍ଦ୍ର ସାଏଙ୍କ ଶ୍ରାଦ୍ଧ ଦିବସ ପାଳିତ



ଭୁବନେଶ୍ୱର (ପିଏନ୍): ଭାରତୀୟ ସ୍ୱାଧୀନତା ସଂଗ୍ରାମର ଅନ୍ୟତମ କର୍ଣ୍ଣଧାର ବୀର ସୁରେନ୍ଦ୍ର ସାଏଙ୍କ ପବିତ୍ର ଶ୍ରାଦ୍ଧ ଦିବସ ଅବସରରେ ସ୍ଥାନୀୟ ବୀର ସୁରେନ୍ଦ୍ର ସାଏ ନଗରରେ ଥିବା ବରପୁତ୍ରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଛି । ମାଲ୍ୟାର୍ପଣ ସଭାରେ ଭି ଏସ୍ ଏସ୍ ନଗର ଉନ୍ନୟନ ପରିଷଦର ସାଧାରଣ ସମ୍ପାଦକ ତଥା ଉତ୍କଳ ସମ୍ମିଳନୀ ମଞ୍ଚେଶ୍ୱର ଶିକ୍ଷାଞ୍ଚଳ ଶାଖା ସଭାପତି ଅଧିବକ୍ତା ଦିଲ୍ଲୀପ ଦାଶଶର୍ମା ସଭାପତିତ୍ୱ କରିଥିବା ବେଳେ ସଂସ୍କୃତି ବିଭାଗର ଅନୁ-ଶାସନ ସଚିବ ଲକ୍ଷ୍ମୀଧର ବେହେରା ଉତ୍କଳ ସମ୍ମିଳନୀ ମଞ୍ଚେଶ୍ୱର ଶାଖା ସମ୍ପାଦକ ଗୋବିନ୍ଦ ଚନ୍ଦ୍ର ସୁବୁଦ୍ଧିଙ୍କୁ ବୀର ସୁରେନ୍ଦ୍ର ସାଏ ସମ୍ମାନରେ ସମ୍ମାନୀତ କରିଥିଲେ । ଶ୍ରଦ୍ଧାଂଜଳି ସଭାରେ ବରିଷ୍ଠ ନାଗରିକ କମିଟିର ସାଧାରଣ ସମ୍ପାଦକ ଇଂ ସୁରେଶ ଚନ୍ଦ୍ର କର ଓ ଇଂ ନଳିନୀ ମହାନ୍ତି, ଦୁର୍ଗାପୂଜା କମିଟିର ସାଧାରଣ ସମ୍ପାଦକ ଶିତଳ ଚନ୍ଦ୍ର ମହାନ୍ତି, ଉନ୍ନୟନ ପରିଷଦର କୋଷାଧକ୍ଷ ମହେଶ୍ୱର ବିଶ୍ୱାଳ ଓ ରୁଷୀ ପଟ୍ଟନାୟକ ପ୍ରମୁଖ ବରପୁତ୍ରଙ୍କ ଗୁଣଗାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦୁର୍ଗାପୂଜା କମିଟିର ଉପ-ସଭାପତି ନିମାଇଁ ଚରଣ ଦାସ, କୋଷାଧକ୍ଷ ପ୍ରତାପ ନନ୍ଦ, ଆଖଣ୍ଡଳମଣି ଯୁବକ ସଂଘର ସମ୍ପାଦକ ସଂଜୟ ସ୍ୱାଇଁ, ଉତ୍କଳ ସମ୍ମିଳନୀ ଭୁବନେଶ୍ୱର ଶାଖା ଉପ-ସଭାପତି ସୁବ୍ରତ ମହାପାତ୍ର, ପୂର୍ବତନ କରପୋରେଟରଙ୍କ ରଶ୍ମିତା ମହାନ୍ତି ଓ ମୋହନ ହେମ୍ବ୍ରମ, ଉନ୍ନୟନ ପରିଷଦର କାର୍ଯ୍ୟନିର୍ବାହୀ ସଦସ୍ୟ ଚିନ୍ତାମଣୀ ବାରିକ, ରାମଚନ୍ଦ୍ର ସାମଲ, ଧରଣୀଧର ରାଉତ, ନବୀନ କୁମାର ଭୁକ୍ତା, ନିତ୍ୟରଂଜନ ନନ୍ଦ, ଦୀପ୍ତିମୟୀ ନାୟକ, ଅଜୟ ଜେନା, କ୍ଷେତ୍ରମୋହନ ନାୟକ, ଝୁନା ପଟ୍ଟନାୟକ, ଅଂଜୁବାଳା ହାତୀ, ପ୍ରକାଶ ତ୍ରିପାଠୀ, ଗୋବିନ୍ଦ ମଣ୍ଡଳ, ଧୀରେନ୍ଦ୍ର ନାଥ ମହାନ୍ତି, ପ୍ରକାଶ ସାମଲ, ସମରଂଜନ ମହାନ୍ତି, ସୌମ୍ୟକାନ୍ତ ପ୍ରଧାନ, ବିଜୟ କୁମାର ଦେ, ଖଗେଶ୍ୱର ପରିଡା, ବ୍ରଜବନ୍ଧୁ ସାହୁ, ରବିନ୍ଦ୍ର ନାଥ ଦାସ, ଅମିର ପାତ୍ର, କୁମୁଦ କାନ୍ତ ଜେନା ଓ ଦିପକ ନାୟକଙ୍କ ସମେତ ବହୁ ବ୍ୟକ୍ତି ଭାଗ ନେଇ ବରପୁତ୍ରଙ୍କୁ ଶ୍ରଦ୍ଧାଂଜଳି ଜଣାଇଥିଲେ।

# ଅବସରପ୍ରାପ୍ତ କର୍ମଚାରୀ ସଂଘର ରଜତ ଜୟନ୍ତୀ ଉତ୍ସବ ଅନୁଷ୍ଠିତ

ବାଲେଶ୍ୱର (ପିଏନ୍)-ଅବସରପ୍ରାପ୍ତ ରାଜ୍ୟ କର୍ମଚାରୀ ସଂଘର ରଜତ ଜୟନ୍ତୀ ଉତ୍ସବ ସ୍ଥାନୀୟ ଗାନ୍ଧୀସ୍ମୃତି ଭବନ ଠାରେ ଅନୁଷ୍ଠିତ ହୋଇଯାଇଛି। ସଂଘର ସଭାପତି ଧୀରେନ୍ଦ୍ର ନାରାୟଣ ଦାସ ଏଥିରେ ଅଧକ୍ଷତା କରିଥିଲେ। ଫକୀରମୋହନ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଡ. ସନ୍ତୋଷ କୁମାର ତ୍ରିପାଠୀ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ପ୍ରଫେସର ଦେବାଶିଷ ପାତ୍ର ଏଥିରେ ମୁଖ୍ୟବକ୍ତା ଭାବେ ଯୋଗଦେଇ ଅବସରପ୍ରାପ୍ତ କର୍ମଚାରୀ ମାନେ କର୍ମ ଚଞ୍ଚଳ ଛାଇ ସାମାଜିକ ପରିବର୍ତ୍ତନରେ ସାମିଲ ହୋଇ ସମସ୍ତଙ୍କୁ ଦୀଗଦର୍ଶନ ଦେବା ଉଚିତ ବୋଲି କହିଥିଲେ। ଏହି ଅବସରରେ ଅତିଥିମାନେ ସଂଘର ମୁଖ୍ୟପତ୍ର “ଉତ୍ତରାୟଣ” ଓ ଗୌରାଙ୍ଗ ଭୂୟାଁଙ୍କ ଲିଖିତ ପୁସ୍ତକ “ପାହିଲା ରାତି ସରିଲାନି କଥା” ଉନ୍ମୋଚନ କରିଥିଲେ। ଡ଼. ଅଦ୍ୱୈତ୍ୟ କୁମାର ପାତ୍ର, ଆନ୍ତର୍ଜାତିକ ଖ୍ୟାତିସମ୍ପନ୍ନା ନୃତ୍ୟଶିଳ୍ପୀ ସୁଜାତା ମହାପାତ୍ର, ସଂଘର ସଭାପତି ତଥା ପ୍ରତିଷ୍ଠାତା ସଦସ୍ୟ ବିରେନ୍ଦ୍ର ନାରାୟଣ ଦାସ, ମଦନମୋହନ ପଣ୍ଡା, ଚିତ୍ତରଞ୍ଜନ ଦାସ, ଅନ୍ତର୍ଯ୍ୟାମୀ ପାତ୍ର, ସେକ ଆଲାଉଦିନ, ଭବେଶ ଚନ୍ଦ୍ର ପଣ୍ଡା ଓ ଲମ୍ବୋଦର ରଥଙ୍କୁ ଅନୁଷ୍ଠାନ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହାସହିତ ଗତ ୨୦୨୦ ଏବଂ ୨୦୨୧ ବର୍ଷରେ ମାଧମିକ, ଉଚ୍ଚମାଧମିକ ଏବଂ ଇଂଜିନିଅରିଂ ପରୀକ୍ଷାରେ ବାଲେଶ୍ୱର ଜିଲ୍ଲାରେ ସର୍ବୋଚ୍ଚ ନମ୍ବର ରଖିଥିବା ୩୪ ନଂ ଛାତ୍ର ଛାତ୍ରୀଙ୍କ ସଂଘ ପକ୍ଷରୁ ଅର୍ଥରାଶି ଓ ମାନପତ୍ର ଦେଇ ସମ୍ମାନିତ କରାଯାଇଥିଲା। ସାଧାରଣ ସମ୍ପାଦକ ଇଂଜିନିଅର ବନମାଳୀ ନାୟକ ବିବରଣୀ ପାଠ କରିଥିବା ବେଳେ ଡ଼. କ୍ଷିତୀଶ୍ୱର ଦାଶ ବେଦପାଠ କରୀଥିଲେ। ଅସୀମା ପଣ୍ଡା ଅତିଥି ପରିଚୟ ପ୍ରଦାନ କରିଥବା ବେଳେ ଉତ୍ପଳତା ମହାନ୍ତି ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋଚନା କରାଯାଇ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଅକର୍ଷଣ କରିବାକୁ ପ୍ରସ୍ତାବ ଗୃହିତ ହୋଇଥିଲା। ନିର୍ବାଚନ ଅଧିକାରୀ ଡ଼. ମନୋଜ କୁମାର ପ୍ରଧାନ ନିର୍ବାଚନ ପରିଚାଳନା କରି କର୍ମକର୍ତ୍ତାଙ୍କ ନାମ ଘୋଷଣା କରିଥିଲେ। ସଂଗଠନର କର୍ମକର୍ତ୍ତା ଓ ସଦସ୍ୟମାନେ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




# ଚାଷ ଓ ଚାଷୀ ସମସ୍ୟା ନେଇ କିଷାନ କଂଗ୍ରେସର ଆନ୍ଦୋଳନ ଡାକରା

ଭୁବନେଶ୍ୱର (ପିଏନ୍)- ଗଞ୍ଜାମ ଜିଲ୍ଲା ସମ୍ପୂର୍ଣ୍ଣ କୃଷି ଉପରେ ନିର୍ଭରଶୀଳ। କୃଷି କ୍ଷେତ୍ରରେ ବିକାଶ ହେଲେ ଜିଲ୍ଲାର କୃଷକଙ୍କ ଅର୍ଥନୈତିକ ବିକାଶ ହେବ। ଖୋଦ୍ ମୁଖ୍ୟମନ୍ତ୍ରୀ ଏହି ଜିଲ୍ଲାରୁ ପ୍ରତିନିଧିତ୍ୱ କରିଛନ୍ତି। କିନ୍ତୁ ଦୁର୍ଭାଗ୍ୟର ବିଷୟ ଏହି ୨୦ ଲକ୍ଷରୁ ଉର୍ଦ୍ଧ୍ୱ ଲୋକ ନିଜ ଭିଟାମାଟି ଛାଡ଼ି ବାହାର ରାଜ୍ୟରେ ଦାଦନ ଖଟୁଛନ୍ତି। ଫସଲ ହାନୀ ଓ ଋଣବୋଝରେ ଚାଷୀ ଆତ୍ମହତ୍ୟା କରୁଛି। ଜଳସେଚନ ବ୍ୟବସ୍ଥା ସମ୍ପୂର୍ଣ୍ଣ ଠପ୍। ପନିପରିବା ସଂରକ୍ଷଣ ପାଇଁ ଶୀତଳଭଣ୍ଡାରଟିଏ ନାହିଁ। ଚାଷୀ ତା'ର ଉତ୍ପାଦିତ ଫସଲର ଉପଯୁକ୍ତ ମୂଲ୍ୟ ପାଉନାହିଁ। ଫଳରେ ଏମ.ଏସ.ପି.ଠାରୁ କମ୍ ଦାମରେ ଧାନ ବିକ୍ରିକରି ବାରମ୍ବାର ଅଭାବୀ ବିକ୍ରିର ଶିକାର ହେଉଛି। ପୂରାତନ ଆସ୍କା ଚିନିକଳର ଦୁରାବସ୍ଥା କହିଲେ ନ ସରେ। କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଜିଲ୍ଲାର ୪୦ ପ୍ରତିଶତ ଚାଷୀଙ୍କୁ ଅନ୍ତର୍ଭୁକ୍ତ କରାଯାଇନାହିଁ। ସାରର ଅହେତୁକ ଅଭାବ ଓ ମୂଲ୍ୟବୃଦ୍ଧି, ଫସଲ ବୀମା କ୍ଷତିପୂରଣ ପାଇବାରେ ବହୁ ଚାଷୀ ବଞ୍ଚିତ ହେଉଛନ୍ତି। ଏହିସବୁ ସମସ୍ୟାଗୁଡ଼ିକର ଆଶୁ ସମାଧାନ ପାଇଁ ଜିଲ୍ଲାର କୁକୁଡ଼ାଖଣ୍ଡି ବ୍ଲକ ବଉଳଝୋଲିଠାରେ ୫୦୦ରୁ ଉର୍ଦ୍ଧ୍ୱ ଚାଷୀଙ୍କୁ ନେଇ ଗତ ୨୫ ତାରିଖ ଦିନ ଜିଲ୍ଲାସ୍ତରୀୟ କିଷାନ ଚିନ୍ତନ ଶିବିର ଜିଲ୍ଲା କିଷାନ କଂଗ୍ରେସ ଅଧକ୍ଷ ବୃନ୍ଦାବନ ଖଟେଇଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧକ୍ଷ ଅମିୟ କୁମାର ପଟ୍ଟନାୟକ, ଜିଲ୍ଲା କଂଗ୍ରେସ କମିଟି ସଭାପତି ତଥା ସାନଖେମୁଣ୍ଡିର ବିଧାୟକ ରମେଶ ଜେନା ସମ୍ମାନୀତ ଅତିଥି ଭାବରେ ଯୋଗଦେଇ ଉପସ୍ଥିତ ଥିବା ଚାଷୀମାନଙ୍କ ସହିତ ବିସ୍ତୃତ ଆଲୋଚନା କରିବା ପରେ କୃଷି ଓ କୃଷକଙ୍କ ବିକାଶ ପାଇଁ ସରକାରଙ୍କ ଯୋଜନା କେବଳ ପ୍ରଚାର ଓ ପ୍ରସାରସର୍ବସ୍ୱ ହୋଇଛି। ଉଭୟ ସରକାର ଚଳିତ ୨୦୨୨ ସୁଦ୍ଧା ଚାଷୀର ଆୟ ଦୁଇଗୁଣା ବୃଦ୍ଧି କରିବା ପାଇଁ ଦେଇଥିବା ପ୍ରତିଶ୍ରୁତି ବାସ୍ତବତାଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଚାଷୀ ସଂଗଠିତ ହୋଇ ଆନ୍ଦୋଳନ କରିଥିବାରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ତିନୋଟି କଳା କୃଷି ଆଇନ ପ୍ରତ୍ୟାହାର କଲେ। ଆଜି ସେହିଭଳି ଗଞ୍ଜାମ ଜିଲ୍ଲାର ୨୨ଟି ବ୍ଲକର ଚାଷୀମାନେ ଏକତ୍ରିତ ହୋଇ ଆନ୍ଦୋଳନକୁ ଓହ୍ଲାଇଲେ ଚାଷୀ ତାର ହକ୍ ନିଶ୍ଚୟ ପାଇପାରିବ ବୋଲି ସେମାନେ କହିଥିଲେ। ଆସନ୍ତା ନଭେମ୍ବର ୧୫ ତାରିଖ ସୁଦ୍ଧା ଜିଲ୍ଲାର ପ୍ରତି ବୁଥ୍, ପଞ୍ଚାୟତ, ବ୍ଲକ ଓ ଜିଲ୍ଲାସ୍ତର ପର୍ଯ୍ୟନ୍ତ କିଷାନ କଂଗ୍ରେସ ସଂଗଠନକୁ ସକ୍ରିୟ କରାଯିବା ସହିତ ପ୍ରତି ବ୍ଲକସ୍ତରରେ କିଷାନ ଚିନ୍ତନ ଶିବିର ଆୟୋଜନ ଓ ଆସନ୍ତା ଡିସେମ୍ବର ମାସରେ ଉଭୟ ବିଜେପି ବିଜେଡ଼ି ସରକାରଙ୍କ ଚାଷୀମାରଣ ନୀତି ବିରୁଦ୍ଧରେ ବିଶାଳ ଚାଷୀ ସମାବେଶ ଆୟୋଜନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ୨୯୩୦ ଟଙ୍କାକୁ ବୃଦ୍ଧି ଓ ଏମ.ଏସ.ପି.ର ଆଇନଗତ ବ୍ୟବସ୍ଥା, କୃଷି ଇନପୁଟ୍ ସବସିଡ଼ର ୨ଗୁଣା ବୃଦ୍ଧି, ପ୍ରତି ବ୍ଲକସ୍ତରରେ ଶୀତଳ ଭଣ୍ଡାର ନିର୍ମାଣ, ମହାନଗର ନିଗମ ଅଞ୍ଚଳରେ ଓମଫେଡ଼ ଭଳି ଭେଜଫେଡ ପ୍ରତିଷ୍ଠା, ଚାଷକାର୍ଯ୍ୟ ପାଇଁ ପ୍ରତି ବ୍ଲକରେ ୫୦ ପ୍ରତିଶତ ଜଳସେଚନ ବ୍ୟବସ୍ଥା, ପଞ୍ଚାୟତ ପରିବର୍ତ୍ତେ ପ୍ରତି ରାଜସ୍ୱ ଗ୍ରାମକୁ ଏକକ ୟୁନିଟ୍ ଭାବେ ଗ୍ରହଣ, ସମସ୍ତ ଚାଷୀଙ୍କୁ କାଳିଆ ଓ ପି.ଏମ୍. କିଷାନ ଯୋଜନାରେ ଅନ୍ତର୍ଭୁକ୍ତ ଓ ବାର୍ଷିକ ୨୪ ହଜାର ଟଙ୍କା ସହାୟତା ରାଶି ପ୍ରଦାନ, ଆସ୍କା ଚିନିକାରଖାନାର ନୂତନ ରୂପାନ୍ତରିତ, ଜିଲ୍ଲାରେ ସୂତାକଳ ପ୍ରତିଷ୍ଠା, ଦାଦନ ଶ୍ରମିକ ରୋକିବା ପାଇଁ କୃଷି କ୍ଷେତ୍ରରେ ମନରେଗା କାର୍ଯ୍ୟକ୍ରମର ସଂପ୍ରସାରଣ ଓ କୃଷିଭିତ୍ତିକ ଶିଳ୍ପ ଓ ଖାଦ୍ୟ ପ୍ରକ୍ରିୟା ଓ ପ୍ରସ୍ତୁତିକରଣ ୟୁନିଟ୍ ସ୍ଥାପନ ଏବଂ ଗୋପାଳପୁରଠାରେ କିଆଫୁଲରୁ ଅତର ପ୍ରକ୍ରିୟାକରଣ ୟୁନିଟ୍ ସ୍ଥାପନ ପାଇଁ କିଷାନ କଂଗ୍ରେସ ପକ୍ଷରୁ ଦୃଢ଼ ଦାବୀ କରାଯାଇଛି।

ସାରା ଭାରତବର୍ଷରେ ଚାଷୀ ଆଜି ଅସୁରକ୍ଷିତ। ବେକାରୀ ସମସ୍ୟା ବଢ଼ିଚାଲିଛି। ଆକାଶଛୁଆଁ ଦରଦାମ୍ ବୃଦ୍ଧି ସାଧାରଣ ଜନଜୀବନକୁ ବିପନ୍ନ କରିଛି। ସମ୍ବିଧାନ ଅସୁରକ୍ଷିତ। ଧର୍ମ ନାମରେ ଜାତିଆଣ ଭାବ ସୃଷ୍ଟି କରାଯାଉଛି। ସର୍ବବୃହତ୍ ଗଣତନ୍ତ୍ର ରାଷ୍ଟ୍ର ଭାରତବର୍ଷର ସାମଗ୍ରୀକ ବିକାଶ ପାଇଁ ଏବଂ ମୋଦି ସରକାରକୁ ଚେକ୍ ଦେବାପାଇଁ ଏ.ଆଇ.ସି.ସି.ର ପୂର୍ବତନ ଅଧକ୍ଷ ଶ୍ରୀ ରାହୁଲ ଗାନ୍ଧୀ ଗତ ୭ ତାରିଖଠାରୁ ଯେଉଁ 'ଭାରତ ଯୋଡ଼' ଯାତ୍ରା ଜାରି ରଖିଛନ୍ତି, ଏଥିରେ ଦେଶର ସବୁ ବର୍ଗର ଲକ୍ଷ ଲକ୍ଷ ଲୋକ ସ୍ୱତଃପ୍ରବୃତ୍ତ ସମର୍ଥନ ଜଣାଉଛନ୍ତି। ଭାରତ ଯୋଡ଼ ଯାତ୍ରାର ସଫଳତା ପାଇଁ ଆସନ୍ତା ଅକ୍ଟୋବର ୩୧ ତାରିଖ ଦିନଠାରୁ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଦୀର୍ଘ ୨୨ଶହ କିଲୋମିଟର ବ୍ୟାପୀ ଓଡ଼ିଶା ପରିକ୍ରମା କରିବା ବେଳେ ଗଞ୍ଜାମ ଜିଲ୍ଲାରୁ ହଜାର ହଜାର ଚାଷୀ ଶ୍ରୀ ପଟ୍ଟନାୟକଙ୍କ ନେତୃତ୍ୱର ପରିକ୍ରମା ଯାତ୍ରାରେ ସାମିଲ ହେବା ପାଇଁ ନିଷ୍ପତ୍ତି ହୋଇଛି। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା କିଷାନ କଂଗ୍ରେସ ସଂଯୋଜକ କେ. ଶ୍ୟାମସୁନ୍ଦର ଦୋରା, ରାଜ୍ୟ କିଷାନ କଂଗ୍ରେସର ରାଜ୍ୟ ଉପାଧକ୍ଷ ସୁବାଷ ରାଉତ, ସମ୍ପାଦକ ସାଇ ପ୍ରସାଦ ପାତ୍ର, ପଦ୍ମଚରଣ ସାହୁ, ଦିଗପହଣ୍ଡି ନଗରପାଳ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା, ଜିଲ୍ଲା ଯୁବ କଂଗ୍ରେସ ସଭାପତି ସନାତନ ସାହୁ ପ୍ରମୁଖ ବକ୍ତବ୍ୟ ରଖିଥିଲେ।

## ଧର୍ମଶାଳା ମୋ କଲେଜ ଅଭିଯାନ ବୈଠକ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ ଧର୍ମଶାଳା ମହାବିଦ୍ୟାଳୟ ପରିସରରେ ମୋ କଲେଜ ଅଭିଯାନ ବୈଠକ ଅନୁଷ୍ଠିତ ହୋଇଯାଇଛି । କଲେଜର ଅଧ୍ୟକ୍ଷ ତପନ କୁମାର ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, କଲେଜ ପରିଚାଳନା କମିଟି ସଭାପତି ଡ. ପ୍ରିୟନାଥ ମହାପାତ୍ର ଯୋଗଦେଇଥିଲେ । ଧର୍ମଶାଳା ମହାବିଦ୍ୟାଳୟ ଧର୍ମଶାଳା ବ୍ଲକର ସର୍ବପୂରାତନ ମହାବିଦ୍ୟାଳୟ, ଏହି ମହାବିଦ୍ୟାଳୟର ଅନେକ ଉନ୍ନତି ମୁଳକ କାର୍ଯ୍ୟ ହୋଇଥିଲେ ହେଁ ଆଉ ଅନେକ କାର୍ଯ୍ୟ ହେବାର ଅବଶ୍ୟକତା ରହିଛି । କଲେଜଗୁଡିକର ଉନ୍ନତି ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ମୋ କଲେଜ ଅଭିଯାନର ଶୁଭାରମ୍ଭ କରିଛନ୍ତି । ଏହି କଲେଜର ବହୁ ଛାତ୍ରଛାତ୍ରୀମାନେ ଉଚ୍ଚ ପଦପଦବୀରେ ଅଧିଷ୍ଠିତ ହୋଇଛନ୍ତି । ସେମାନଙ୍କୁ ମୋ କଲେଜ ଅଭିଯାନରେ ସାମିଲ କରିବାକୁ ପ୍ରସ୍ତାବ ଦେଇଥିଲେ । ଏଥିସହିତ ପୁରାତନ ଛାତ୍ର ସଂସଦର ସଭାପତିମାନଙ୍କୁ ଯୋଗାଯୋଗ କରି ଏହି ଅଭିଯାନରେ ସମସ୍ତଙ୍କୁ ସାମିଲ କରିବାକୁ ମତବ୍ୟକ୍ତ କରିଥିଲେ । ଏହି ଅବସରରେ ପ୍ରଥମ ବ୍ୟାଚର ଛାତ୍ର ବଟକୃଷ୍ଣ ପରିଡା, ପୁରାତନ ଛାତ୍ର ସଂସଦ ସଭାପତି କ୍ଷିତିଶ ନାୟକ, ଜିଲ୍ଲା ପରିଷଦ ସଭ୍ୟା ସ୍ମୃତିରେଖା ବେହେରା, ଛାତ୍ର ବିଜେଡି ଜିଲ୍ଲା ସଭାପତି ସୌମ୍ୟପ୍ରକାଶ ବିଶ୍ୱାଳ, ସମିତି ସଭ୍ୟା କ୍ଷୀରାବ୍ଧି ତନୟା ମଲିକ ପ୍ରମୁଖ ମୋ କଲେଜ ଅଭିଯାନର ସଫଳତା ପାଇଁ ଆଶାବ୍ୟକ୍ତ କରିଥିଲେ । ଆସନ୍ତା ଅକ୍ଟୋବର ମାସ ୨୩ ତାରିଖରେ ପରବର୍ତୀ ବୈଠକ ଅନୁଷ୍ଠିତ ହେବ ବୋଲି ସ୍ଥିର କରାଯାଇଥିଲା । ପ୍ରାରମ୍ଭରେ ମୋ କଲେଜ ଅଭିଯାନର ସଂଯୋଜକ ନିଗମାନନ୍ଦ ବିଶ୍ୱାଳ ସୂଚନା ପ୍ରଦାନ କରିଥିଲେ । ଅଧ୍ୟାପକ ବିଶ୍ୱଜିତ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ ।

## ବାଲେଶ୍ୱରରେ ଶିଶୁ ପାଇଁ ଦିନଟିଏ କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ଶିଶୁ ସୁରକ୍ଷା ୟୁନିଟ ପକ୍ଷରୁ ଜିଲ୍ଲାସ୍ତରୀୟ "ଶିଶୁ ପାଇଁ ଦିନଟିଏ" କାର୍ଯ୍ୟକ୍ରମ ଏନ୍ ଆଇ ସି ପରିସରରେ ଥିବା ମହାତ୍ମା ଗାନ୍ଧୀ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ନାରାୟଣ ପ୍ରଧାନ ଯୋଗଦେଇଥିଲେ। ସମ୍ମାନିତ ଅତିଥିଭାବେ ଜିଲ୍ଲାପାଳ ଦତ୍ତାତ୍ରୟ ଭାଓ ସାହେବ ଶିନ୍ଦେ ଓ ଅତିରିକ୍ତ ଜିଲ୍ଲାପାଳ ଭାବେଶ ନାୟକ ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ମାଝୀ ସଭାପତିତ୍ୱ କରିଥିବା ବେଳେ ଜିଲ୍ଲାସୁରକ୍ଷା ୟୁନିଟ ଏବଂ ଜିଲ୍ଲା ସୁରକ୍ଷା ମଙ୍ଗଳ କମିଟି ସଦସ୍ୟ, ସଦସ୍ୟାମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଚଳିତ ବର୍ଷ ମ୍ୟାଟ୍ରିକ ପରୀକ୍ଷାରେ ୮୦ ପ୍ରତିଶତରୁ ଉର୍ଦ୍ଧ୍ୱ ନମ୍ବର ରଖିଥିବା ୯ ଜଣ କୃତି ଛାତ୍ରଛାତୀଙ୍କୁ ୫ ହଜାର ଟଙ୍କା ଲେଖାଏଁ ବୃ ି ପ୍ରଦାନ କରାଯାଇଥିଲା। ସେହିପରି "ସୁକନ୍ୟା ସମୃଦ୍ଧି" ଯୋଜନାରେ ୧୪ ଜଣ ଛାତ୍ରୀଙ୍କ ଆକାଉଣ୍ଟ ଖୋଲାଯାଇ ପାଶ ବୁକ୍ ପ୍ରଦାନ କରାଯାଇଥିଲା। ୧୮ ବର୍ଷ ପର୍ଯ୍ୟନ୍ତ ସେମାନଙ୍କ ଆକାଉଣ୍ଟକୁ ୨ ହଜାର ଟଙ୍କା ଜମା କରାଯିବ ବୋଲି ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ମାଝୀ ବକ୍ତବ୍ୟରେ କହିଥିଲେ।

## ଅବକାରୀ ବିଭାଗ ପକ୍ଷରୁ ଚଢାଉ, ଦେଶୀ ମଦ ଜବତ

ଖୋର୍ଦ୍ଧା (ପିଏନ୍)-ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଗୁନିଆ ଥାନା ଅନ୍ତର୍ଗତ ରାସୋଲ ଗ୍ରାମରେ ଦେଶୀ ରନ୍ଧା ମଦ ଭାଟି ଉପରେ ଚଢାଉ କରାଯାଇଥିଲା। ଏହି ଚଢାଉ ବେଳେ ୧ହଜାର ୨୦ ଲିଟର ଦେଶୀ ମଦ ଜବତ କରାଯିବା ସହ ଆବଶ୍ୟକୀୟ ସରଂଜାମ ସହ ଗୋଟିଏ ମାରୁତି କାର ଜବତ କରାଯାଇଥିଲା। ଏଥିରେ ମଦ ପ୍ରସ୍ତୁତ କରୁଥିବା ରାସୋଲ ଗ୍ରାମର ରଜନୀକାନ୍ତ ପାଇକରାୟ କୌଣସି ସୂତ୍ରରୁ ଖବର ପାଇ ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲେ ବୋଲି ଜିଲ୍ଲା ଅବକାରୀ ବିଭାଗର ନିରୀକ୍ଷକ ଭୈରବ ସାହୁଙ୍କ ଠାରୁ ପ୍ରକାଶ। ଏ ନେଇ ଜିଲ୍ଲା ଭ୍ରାମ୍ୟମାଣ ଅବକାରୀ ନିରୀକ୍ଷକ ରାଜଶେଖର ସ୍ୱାଇଁ, ଭ୍ରାମ୍ୟମାଣ ଉପ-ନିରୀକ୍ଷକ ବି ମନୋଜ କୁମାର, ବେଗୁନିଆ ଓଆଇସି ରାଜେନ୍ଦ୍ର ଜେସ ଓ ଖୋର୍ଦ୍ଧା, ବେଗୁନିଆର ଭ୍ରାମ୍ୟମାଣ କର୍ମଚାରୀମାନେ ଅଂଶଗ୍ରହଣ କରିଥିଲେ।

# ଭ୍ରାନ୍ତିହୀନ କ୍ରାନ୍ତିକାରୀ ପ୍ରାଣନାଥ



ମାନବ ସମାଜର ଅଗ୍ରଗତି ପଥରେ ଯେଉଁସବୁ ପ୍ରତିବନ୍ଧକ ରହିଛି ତାକୁ ହଟାଇ ସ୍ଥିତାବସ୍ଥା ବଦଳରେ ନୂତନ ପ୍ରଗତିଶୀଳ ବ୍ୟବସ୍ଥାକୁ ଯିବାର ନାମ କ୍ରାନ୍ତି । ସ୍ୱର୍ଗୀୟ ପ୍ରାଣନାଥ ପଟ୍ଟନାୟକ ଥିଲେ ଏହି କ୍ରାନ୍ତି ପଥର ଯାତ୍ରୀ । ତେଣୁ ସେ ଥିଲେ କ୍ରାନ୍ତିକାରୀ । ଅତି ସରଳ ଭାବରେ ବୁଝିବାକୁ ଗଲେ ସେ ଥିଲେ ଜଣେ ଉତ୍ସର୍ଗୀକୃତ ସଂଗ୍ରାମୀ, ସମାଜ ସଂସ୍କାରକ, ବାମପନ୍ଥୀ ଚିନ୍ତାଧାରାର ପ୍ରବକ୍ତା, ପ୍ରଗତିବାଦର ଜନନେତା, ଶିକ୍ଷାର ପ୍ରସାରରେ ଅଗ୍ରଣୀ, ଆସନ୍ତାକାଲିର ସାହିତ୍ୟ ଲେଖକ।

ଗୋଟିଏ ସମ୍ଭ୍ରାନ୍ତ ବଂଶରେ ଜନ୍ମଲାଭ କରି ଉଚ୍ଚଶିକ୍ଷା ଲାଭ କରିଥିବା ଯୁବକ ପ୍ରାଣନାଥ ପଟ୍ଟନାୟକ ଉଚ୍ଚ ଚାକିରିର ମୋହ ତ୍ୟାଗ କରି ଐତିହାସିକ ଆବଶ୍ୟକତାର ଆହ୍ୱାନକୁ ସ୍ୱାଗତ ଜଣାଇ ଏବଂ ଗାନ୍ଧି, ଗୋପବନ୍ଧୁଙ୍କୁ ନିଜ ଜୀବନର ଆଦର୍ଶ ରୂପେ ଗ୍ରହଣ କରିନେଇ ଜାତୀୟ ମୁକ୍ତି ଆନ୍ଦୋଳନକୁ ଲମ୍ଫ ଦେଇଥିଲେ । ଜୀବନର ଶେଷ ସମୟ ପର୍ଯ୍ୟନ୍ତ ସେ ଥିଲେ କ୍ରାନ୍ତିକାରୀ ଓ କ୍ରାନ୍ତିପଥର ପଥିକ । ୧୯୩୬ରେ ଓଡ଼ିଶାରେ କୃଷକ ସଙ୍ଗଠନ ଗଠିତ ହେଲା । ପ୍ରାଣନାଥ ପଟ୍ଟନାୟକ ସେହି ସଙ୍ଗଠନର ମୁଖ୍ୟ କର୍ତ୍ତା ଭାବେ ରହିଥିଲେ । ଦୀର୍ଘବର୍ଷ ଧରି ରାଜ୍ୟ କୃଷକ ସଭାର ସେ ସଭାପତି ରହି କୃଷକ ଆନ୍ଦୋଳନକୁ ନେତୃତ୍ୱ ଦେଉଥିଲେ । ମାର୍କ୍ସବାଦର ବୈଜ୍ଞାନିକ ସାମ୍ୟବାଦ ତତ୍ତ୍ୱରେ ଉଦ୍‌ବୁଦ୍ଧ ହୋଇ କଲିକତାରେ କମ୍ୟୁନିଷ୍ଟ ପାର୍ଟି ଗଠିତ ହେଲା । ଭଗବତୀ ଚରଣ ପାଣିଗ୍ରାହୀ ଏହାର ସମ୍ପାଦକ ରହିଥିଲେ । ତେଣୁ ଓଡ଼ିଶାରେ କମ୍ୟୁନିଷ୍ଟ ପାର୍ଟିର ସେ ଥିଲେ ଅନ୍ୟତମ ସ୍ରଷ୍ଟା ।

ସ୍ୱାଧୀନତା ପରେ ମଧ ସେ ଦୀର୍ଘଦିନ ଆତ୍ମଗୋପନ କରି ଶେଷରେ ୧୯୪୮ରୁ ୫୨ ପର୍ଯ୍ୟନ୍ତ ଅଟକବନ୍ଦୀ ହୋଇ ରହିବା ସହିତ ୧୯୬୪ରେ ଦରଦାମ ବୃଦ୍ଧି, ବ୍ୟାଙ୍କ ଜାତୀୟକରଣ, ରଜାଙ୍କ ଭତ୍ତା କାଟ ଦାବି ନେଇ ଆନ୍ଦୋଳନ କରି ଦୀର୍ଘ ଛଅ ମାସରୁ ଉର୍ଦ୍ଧ୍ୱକାଳ ବନ୍ଦୀ ଜୀବନ କଟାଇଥିଲେ । ସେ ଜଣେ ନିର୍ଭୀକ ସଂଗ୍ରାମୀ ଭାବେ ଏସବୁ ଦଣ୍ଡକୁ ସହ୍ୟକରି ନେଉଥିଲେ। ଖୋର୍ଦ୍ଧାବାସୀଙ୍କ ଶ୍ରଦ୍ଧା ପାଇ ସେ ଓଡ଼ିଶା ବିଧାନସଭାକୁ ୧୯୩୬/୩୭ରେ ଓ ସ୍ୱାଧୀନତା ପରେ ୧୯୫୭ରେ ବିଧାୟକ ଭାବେ ନିର୍ବାଚିତ ହୋଇ ଆସିଥିଲେ । ଜଣେ ବିଧାୟକ ଭାବେ ତାଙ୍କର ଯଥେଷ୍ଟ ସମ୍ମାନ ଓ ଖ୍ୟାତି ଥିଲା । ପ୍ରାଣନାଥ ପଟ୍ଟନାୟକ କେବଳ ଏକ ନାମ ନୁହେଁ । ଏହା ଏକ କ୍ରାନ୍ତିକାରୀ ସଙ୍ଗଠନ, ଏକ କ୍ରାନ୍ତିକାରୀ ତତ୍ତ୍ୱ, ଏକ କ୍ରାନ୍ତିକାରୀ ଇତିହାସ। ଆଗକୁ ଆଲୋକ ଦେଖାଉଥିବା ଏକ ଉଜ୍ଜ୍ୱଳ ନକ୍ଷତ୍ର ।

## କର୍କଟ ପୀଡ଼ିତଙ୍କୁ ସହାୟତା ଯୋଗାଇଲା କଳ୍ପନା ଛକଟୋକା ସଂଘ

ଭୁବନେଶ୍ୱର (ପିଏନ୍): ସମାଜରେ ସାମାଜିକ ବିପ୍ଳବ ସୃଷ୍ଟି କରିବାରେ କଳ୍ପନା ଛକଟୋକା ସଂଘ ଏକ ସ୍ଥାନ ସୃଷ୍ଟି କରିପାରିଛି। ରାଜଧାନୀର ରାସ୍ତାକଡ଼ରେ ସମାଜ ମଙ୍ଗଳ ହୁଣ୍ଡି ପ୍ରତିଷ୍ଠା କରି ଅସହାୟ କର୍କଟ ରୋଗରେ ପୀଡ଼ିତ ଓ ପୀଡ଼ିତାଙ୍କ ମୁହଁରେ ଟିକେ ହସ ଫୁଟାଇବାରେ ସକ୍ଷମ ହୋଇପାରିଛି। ପାଞ୍ଚବର୍ଷ ପୂର୍ବରୁ ଯୁବକମାନଙ୍କଠାରୁ ହୁଣ୍ଡି ମାଧ୍ୟମରେ ଆଦାୟ ଅର୍ଥରାଶିକୁ ବର୍ତ୍ତମାନ ପର୍ଯ୍ୟନ୍ତ ୨୨ ଜଣ ମାରାତ୍ମକ କର୍କଟ ରୋଗୀଙ୍କୁ ନିଃସ୍ୱାର୍ଥପର ଭାବେ ତାର ସେବା ଜାରି ରଖିଛି। ରାଜଧାନୀର ବିଭିନ୍ନ ଖଟି ନିଶାମୁକ୍ତ, ହିଂସାମୁକ୍ତ ହେବା ସହ ସମାଜସେବାକୁ ଗୁରୁତ୍ୱ ଦେଇ ଭାଇଚାରା ବଜାୟ ରଖିବା ସଂଘର ଲକ୍ଷ୍ୟ ଓ ଉଦ୍ଦେଶ୍ୟ।

ଏହାକୁ ଆଖି ଆଗରେ ରଖି କଳ୍ପନା ଛକଟୋକା ସଂଘର ୨୩ତମ ସମାଜ ମଙ୍ଗଳ ହୁଣ୍ଡିଦାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜମଙ୍ଗଳ ହୁଣ୍ଡିର ପ୍ରତିଷ୍ଠାତା ନାରାୟଣ ଚନ୍ଦ୍ର ଓଝାଙ୍କ ସଭାପତିତ୍ୱରେ ମୁଖ୍ୟ ଅତିଥି ଭାବେ ମଧ ବିଧାୟକ ଶ୍ରୀଯୁକ୍ତ ଅନନ୍ତ ନାରାୟଣ ଜେନା ଯୋଗଦେଇ ସମାଜମଙ୍ଗଳ ହୁଣ୍ଡିର ମହାନ କାର୍ଯ୍ୟକୁ ଭୂୟସୀ ପ୍ରଶଂସା କରିଥିଲେ। ହୁଣ୍ଡିରୁ ଆଦାୟ ମୋଟ ତିରିଶି ହଜାର ପାଞ୍ଚଶହ ଏକ ଟଙ୍କା ଅର୍ଥରାଶି ବ୍ରହ୍ମେଶ୍ୱରପୁର, ଡେଲାଙ୍ଗ, ପିପିଲି ଅଞ୍ଚଳର କର୍କଟ ପୀଡ଼ିତ ସତ୍ୟପ୍ରିୟ ନାୟକଙ୍କୁ ଅତିଥିମାନଙ୍କ ଉପସ୍ଥିତିରେ ପ୍ରଦାନ କରାଯାଇଥିଲା।

ସମ୍ମାନିତ ଅତିଥି ଭାବେ ଏସିପି ବିଷ୍ଣୁ ପ୍ରସାଦ ପାତ୍ର, କର୍ପୋରେଟର ଆଶିଷ ପଟ୍ଟନାୟକ, ସମାଜସେବୀ ଆଦିତ୍ୟ ଗଜେନ୍ଦ୍ର, ଯୁବନେତା ସଂଗ୍ରାମ ମାର୍ଥା, ପ୍ରଯୋଜକ ଶ୍ରୀଧର ମାର୍ଥା, ସମାଜସେବୀ ତଥା କବୟିତ୍ରୀ ବନ୍ଦନା ହରିଚନ୍ଦନ, ସ୍ତମ୍ଭକାର ସୃଷ୍ଟିକୀର୍ତ୍ତି ତ୍ରିପାଠୀ, ସମାଜସେବୀ ମନସ୍ମିତା ଜେନା, ସମାଜସେବୀ ସସ୍ମିତା ଦାସ, ସମାଜସେବୀ ଲିପିକା ରାୟ, ନାଟ୍ୟ ପ୍ରାଧାପକ ଡା. ଅସିତ ଦାସ, ନିର୍ଦ୍ଦେଶକ ଶିବଶଙ୍କର ତ୍ରିପାଠୀ, ଅଭିନେତା ବୁଲୁ ପଣ୍ଡା, ଯାତ୍ରା ନାୟକ ହୃଷିକେଶ ମିଶ୍ର ପ୍ରମୁଖ ଯୋଗ ଦେଇଥିଲେ। ସଂଘର ସଭାପତି ଧୀରେନ ରାଉତରାୟ ଧନ୍ୟବାଦ ଅର୍ପଣ କରିଥିଲେ। ଉପସଭାପତି ପବିତ୍ର ଗଜେନ୍ଦ୍ର, ରୋହିତ କୁମାର, ସଞ୍ଜୟ ପରିଡ଼ା, ପ୍ରମୋଦ କୁମାର ପତି, ଗୁରୁପଦ ନାଥ, ବାସୁଭ ଦାସ, ତନ୍ମୟ ସାମନ୍ତରାୟ, ବାବୁଲା ପରିଡ଼ା, ସ୍ନିଗ୍ଧା ମହାନ୍ତି, ରୂପଶ୍ରୀ ସାହୁ, ବର୍ଷା ଦାସ, ଇମନ ମହାନ୍ତି, ଜ୍ୟୋତିର୍ମୟୀ ପଣ୍ଡା, ନିରଞ୍ଜନ ସାହୁ, ରାଜକୁମାର, ସନ୍ଧ୍ୟାରାଣୀ ପ୍ରମୁଖ କାର୍ଯ୍ୟକ୍ରମର ପରିଚାଳନା କରିଥିଲେ।

## କଂଗ୍ରେସ କର୍ମୀଙ୍କୁ ପିସିସି ସଭାପତିଙ୍କ ଧନ୍ୟବାଦ ଜ୍ଞାପନ

ରାଉରକେଲା (ପିଏନ୍): ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ ତାଙ୍କର ୩ ଦିନିଆ ରାଉରକେଲା ଓ ସୁନ୍ଦରଗଡ ଗସ୍ତ ସାରି ଭୁବନେଶ୍ୱର ଅଭିମୁଖେ ଯାତ୍ରା କରିଛନ୍ତି । ତାଙ୍କର ଏହି ଗସ୍ତ କାଳରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ ହଜାର ହଜାର ସଂଖ୍ୟାରେ କଂଗ୍ରେସ କର୍ମୀ ତାଙ୍କୁ ସ୍ୱାଗତ କରି ସମ୍ବର୍ଦ୍ଧିତ କରିଥିଲେ । ସେହିପରି ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ତରଫରୁ ମଧ ସୁନ୍ଦରଗଡରେ ଶ୍ରୀ ପଟ୍ଟନାୟକଙ୍କୁ ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା । ରାଜଗାଙ୍ଗପୁରରେ ମଧ ଯୁବ କଂଗ୍ରେସ କର୍ମୀଙ୍କୁ ନେଇ ଏକ ମହତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହି ସମସ୍ତ କାର୍ଯ୍ୟକ୍ରମରେ ଉଭୟ ଜିଲ୍ଲା କଂଗ୍ରେସର କର୍ମକର୍ତ୍ତା ଓ କର୍ମୀ ତଥା ବରିଷ୍ଠ କଂଗ୍ରେସ ନେତୃବୃନ୍ଦ, ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ, ମହିଳା କଂଗ୍ରେସ, କଂଗ୍ରେସ ସେବାଦଳ, କଂଗ୍ରେସର ଏସ୍‌ଟି ସେଲ୍, ଏସ୍‌ସି ସେଲ୍, ଓବିସି ସେଲ୍, ସଂଖ୍ୟାଲଘୁ ସେଲ୍, ଲିଗାଲ ସେଲ୍, କିସାନ ସେଲ୍, ମତ୍ସ୍ୟଜୀବି ସେଲ୍, ଅସଙ୍ଗଠିତ ଶ୍ରମିକ ସେଲ୍, ଆଇଏନ୍‌ଟିୟୁସି ଇତ୍ୟାଦିର ସମସ୍ତ କର୍ମକର୍ତ୍ତା ଓ କର୍ମୀମାନେ ଶ୍ରୀ ପଟ୍ଟନାୟକଙ୍କୁ ଯେପରି ବିପୁଳ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇ ଅତି ସୁନ୍ଦର ଭାବରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋନଜ କଲେ ସେଥିପାଇଁ ଶ୍ରୀ ପଟ୍ଟନାୟକ ସମସ୍ତଙ୍କୁ ଆନ୍ତରିକ ଧନ୍ୟବାଦ ଜ୍ଞାପନ କରିଛନ୍ତି । ଏହିସବୁ କାର୍ଯ୍ୟକ୍ରମକୁ ଯେପରି ସ୍ଥାନୀୟ ଗଣମାଧମ ପ୍ରତିନିଧି, ପୁଲିସ୍ ପ୍ରଶାସନ ତଥା ସହରବାସୀଙ୍କ ତରଫରୁ ବିଶେଷ ସହଯୋଗ ମିଳିଲା ସେଥିପାଇଁ ସେମାନଙ୍କୁ ଶ୍ରୀ ପଟ୍ଟନାୟକ ବିଶେଷ ଧନ୍ୟବାଦ ଜ୍ଞାପନ କରିଛନ୍ତି ବୋଲି ଏକ ପ୍ରେସ୍ ବିବୃତିରେ ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି ।

## ଶିକ୍ଷାବିତ୍ ଭଗବାନ ପଟ୍ଟନାୟକଙ୍କ ସ୍ମୃତିସଭା

ଖୋର୍ଦ୍ଧା (ପିଏନ୍): ଖୋର୍ଦ୍ଧା ଶିକ୍ଷାଜିଲ୍ଲା ଜିଲ୍ଲା ସମ୍ମାନପ୍ରାପ୍ତ ଶିକ୍ଷକ ଭଗବାନ ପଟ୍ଟନାୟକଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ସ୍ମୃତିସଭା ଜନ୍ମସ୍ଥାନ ବାଂକୋଇ ଠାରେ ଐତିହାସିକ ସତ୍ୟବାଦୀ ବଳିଆରସିଂହଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସ୍ୱର୍ଗତ ପଟ୍ଟନାୟକ ବିଭିନ୍ନ ବିଷୟରେ ଗଭୀର ଜ୍ଞାନର ଅଧିକାରୀ ହୋଇ ଆଦର୍ଶ ଶିକ୍ଷକ ଭାବେ ସୁନାମ ଅର୍ଜନ କରିଥିଲେ ବୋଲି ସ୍ମୃତିସଭାରେ ମତପ୍ରକାଶ ପାଇଥିଲା। ଏହି କାର୍ଯ୍ୟକ୍ରମରେ ଐତିହାସିକ ରବୀନ୍ଦ୍ରନାଥ ପରିଡ଼ା ମୁଖ୍ୟଅତିଥି, ଶିକ୍ଷାବିତ୍ ହରିବନ୍ଧୁ ସାହୁ ମୁଖ୍ୟବକ୍ତା, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘର ଉପସଭାନେତ୍ରୀ ସଂଗୀତା ଦାଶ ସ୍ୱତଂତ୍ର ଅତିଥି ଏବଂ ସମ୍ମାନିତ ଅତିଥି ଭାବେ କୃଷି ବିଭାଗର ଅବସରପ୍ରାପ୍ତ ନିର୍ଦ୍ଦେଶକ ଡ. କେଶବ ଚନ୍ଦ୍ର ଭୋଳ, ବାଲ୍ମୀକ ବଳିଆରସିଂହ, ଗୋବିନ୍ଦ ଚନ୍ଦ୍ର ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷକଙ୍କ ବହୁମୁଖୀ ଗୁଣାବଳିର ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ଆଧାରିତ ସ୍ମରଣିକା 'ଜ୍ଞାନଦୀପ୍ତ' ଉନ୍ମୋଚିତ ହୋଇଥିଲା। ଭଗବାନ ପଟ୍ଟନାୟକ ସ୍ମୃତି ସଂସଦ ପକ୍ଷରୁ ଶିକ୍ଷାବିତ୍ ସଂଗୀତା ଦାଶ, ଖୋର୍ଦ୍ଧାର କବୟିତ୍ରୀ ସୁବାସିନୀ ପଟ୍ଟନାୟକ, ଟାଂଗୀର ଶିକ୍ଷକନେତା ପ୍ରସନ୍ନ ଶ୍ରୀଚନ୍ଦନଙ୍କୁ ସମ୍ବର୍ଧିତ କରାଯାଇଥିଲା। ଡ. କୃଷ୍ଣଚନ୍ଦ୍ର ପଟ୍ଟନାୟକ ଅତିଥଇ ପରିଚୟ ଓ ସ୍ୱାଗତ ଭାଷଣ ଦେଇଥିବାବେଳେ କନ୍ୟା ମଂଜୁଶ୍ରୀ ପଟ୍ଟନାୟକ ଧନ୍ୟବାଦ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସୁକାନ୍ତ ଦାସ, ପ୍ରାଣକୃଷ୍ଣ ପାତ୍ର, ବାସୁଦେବ ସିଂହ, ଫଂଚୁ ଭାରିମଲ୍ଲ, ଚିନ୍ତାମଣି ବିଶ୍ୱାଳ, ଡ. ବିବେକାନନ୍ଦ ସ୍ୱାଇଁ, ଗୀତାରାଣୀ ମହାପାତ୍ର ପ୍ରମୁଖ ତାଂକର ବହୁମୁଖୀ ଗୁଣାବଳି ଉପରେ ଆଲୋକପାତ କରିଥିଲେ। ପୁତ୍ର ଶିଶିର କୁମାର ପଟ୍ଟନାୟକ, ଶରତ କୁମାର ପଟ୍ଟନାୟକ, ଗୀତାଂଜଳି ହରିଚନ୍ଦନ, ନିଗମ ପ୍ରସାଦ ହରିଚନ୍ଦନ, ସତ୍ୟାନନ୍ଦ ଜଗଦ୍ଦେବ, ଆଶୁତୋଷ ପଟ୍ଟନାୟକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମହିଳା ଓ ଶିଶୁ ଡେସ୍କ ଅଧିକାରୀଙ୍କ କର୍ମଶାଳା

ବାଲେଶ୍ୱର (ପିଏନ୍)- ରାଜ୍ୟ ପୁଲିସ ବିଭାଗ ଅଧୀନରେ ଥିବା ଥାନାଗୁଡ଼ିକରେ ଖୋଲିଥିବା ମହିଳା ଓ ଶିଶୁ ଡେସ୍କରେ କର୍ମରତ ପୁଲିସ କର୍ମଚାରୀମାନଙ୍କର ଦୁଇଦିନିଆ କର୍ମଶାଳା ନୋସୀ ବିଜନେସ ପାର୍କ ସମ୍ମିଳନୀରେ ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ଅତିଥି ଭବେ ବିଭାଗୀୟ ଏ.ଡ଼ି.ଜି ରେଖା ଲୋହାନି, ସମ୍ମାନିତ ଅତିଥି ଭାବେ ପୂର୍ବାଞ୍ଚଳ ରେଞ୍ଜ ଆଇ.ଜି ହିମାଂଶୁ ଲାଲ ଓ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ସୁଧାଂଶୁ ଶେଖର ମିଶ୍ର ପ୍ରମୁଖ ଶିଶୁ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାର ଓ ଏତଲା ଥାନାରେ ଦେବାପରେ ଡେସ୍କ ପକ୍ଷରୁ କିଭଳି ପଦକ୍ଷେପ ନିଆଯିବ ସେ ସମ୍ପର୍କରେ ବୁଝାଇଥିଲେ। ଚାଇଲ୍ଡ ଲାଇନ ଓ ୟୁନିସେଫର ବୈଷୟିକ ସହଯୋଗରେ ଆୟୋଜିତ କର୍ମଶାଳାରେ ଚାଇଲ୍ଡ ଲାଇନ ପକ୍ଷରୁ ନିଯୁକ୍ତ ରିଶୋର୍ସ ପର୍ସନ ତଥା ଟ୍ରେନର କେ. ରମେଶ, ରାଜୁ କୋଟାଇ ଏବଂ ଆରକା ଲାହା ପ୍ରମୁଖ ଭଦ୍ରକ ଯାଜପୁର ଓ ବାଲେଶ୍ୱର ଜିଲ୍ଲାର ବିଭିନ୍ନ ଥାନାରୁ ଆସିଥିବା ପୁଲିସ ଅଧିକାରୀମାନେ ଉପସ୍ଥିତ ରହି ଟ୍ରେନରମାନଙ୍କ ବିଭିନ୍ନ ପ୍ରଶ୍ନଗୁଡ଼ିକର ଉତ୍ତର ଦେଇଥିଲେ। ଟ୍ରେନରମାନେ ମୁଖ୍ୟତଃ ୩୫ଟି ପ୍ରସଙ୍ଗ ଉପରେ ବୁଝାଇଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠି ରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୂବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଉଠକୀୟତା ଅର୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧକ୍ଷ ଡଃ. ଅମୀୟ ଜେନା, ପ୍ରାଧ୍ୟାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ।

## ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଳୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।

2024-2025



ADMISSION OPEN
Maharishi Public School, Baripada
STD-NURSERY TO VIII
ENROLL YOUR CHILD TODAY
Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Sunday May 19, 2024 | ଭୁବନେଶ୍ୱର ରବିବାର, ମଇ ୧୯,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com | ୮

# ନବୀନ ସରକାର କୁଶାସନର କିର୍ତ୍ତୀମାନ ସ୍ଥାପନ କରିଛନ୍ତି : ପୁରନ୍ଦର ମିଶ୍ର

ଭୁବନେଶ୍ୱର ,(ପି.ଏନ):ନବୀନ ପଟ୍ଟନାୟକଙ୍କର ବିଜୁ ଜନତା ଦଳ ସରକାର ଓଡ଼ିଶାର ଭାଷା, ସଂସ୍କୃତି ଏବଂ ସ୍ୱାଭିମାନକୁ ଶେଷ କରିଦେବା ପାଇଁ ଷଡ଼ଯନ୍ତ୍ର କରୁଥିବା ଛତିଶଗଡ଼ ରାଜ୍ୟ ଭାରତୀୟ ଜନତା ପାର୍ଟି ତରଫରୁ ଓଡ଼ିଶା ନିର୍ବାଚନ ପାଇଁ ନିଯୁକ୍ତ ସହ-ପ୍ରଭାରୀ ଏବଂ ରାୟପୁର ନଗର ଉତ୍ତରର ବିଧାୟକ ପୁରନ୍ଦର ମିଶ୍ର ଅଭିଯୋଗ କରିଛନ୍ତି। ଦୀର୍ଘ ୨୪ବର୍ଷ ଧରି ରାଜ୍ୟରେ କୁଶାସନର କିର୍ତ୍ତୀମାନ ସ୍ଥାପନ କରିଥିବା ନବୀନ ସରକାରକୁ ତୁରନ୍ତ ବିଦା କରିବାକୁ ଶ୍ରୀ ମିଶ୍ର ଓଡ଼ିଶାବାସୀଙ୍କୁ ଅନୁରୋଧ କରିଛନ୍ତି। ସମ୍ବଲପୁର, ବିଜେପୁର, ବୀରମିତ୍ରପୁର, ରାଜଗାଙ୍ଗପୁର ଏବଂ ସୁନ୍ଦରଗଡ ଆଦି ସ୍ଥାନରେ ବିଶାଳ ନିର୍ବାଚନୀ ଜନସଭାକୁ ସମ୍ବୋଧନ କରି ଶ୍ରୀ ମିଶ୍ର,ନବୀନ ପଟ୍ଟନାୟକଙ୍କର ନେତୃତ୍ୱାଧୀନ ଦୁର୍ନୀତିଗ୍ରସ୍ତ ଓ ଦମନକାରୀ ସରକାର ଓଡ଼ିଶା ଓ ଓଡ଼ିଶାବାସୀଙ୍କୁ ଆଦୌ ଭଲ ପାଆନ୍ତି ନାହିଁ ବୋଲି କହିଛନ୍ତି।ରାଜ୍ୟରେ ଜଳ,ଜଂଗଲ ଓ ଖଣିଜ ପଦାର୍ଥର ଅପାର ଭଣ୍ଡାର ମହଜୁଦ ରହିଥିବା ବେଳେ ଅପଦାର୍ଥ ନବୀନ ସରକାର, ଏସବୁର ସଠିକ ବିନିଯୋଗ କରି ଲୋକମାନଙ୍କର କଲ୍ୟାଣ ସାଧନ କରିବା ପରିବର୍ତ୍ତେ ନିଜର କେବଳ ପକେଟ ଭରିବାରେ ବ୍ୟସ୍ତଥିବା ସେ କ୍ଷୋଭର ସହିତ ଦର୍ଶାଇଥିଲେ। ବିଜେଡିର ବ୍ୟଭିଚାରୀ ଶାସନକୁ ଓଡ଼ିଶାର ନିରୀହ ଜନସାଧାରଣ ବହୁତ ଦିନ ହେଲା




ସହିଲେଣି।ଏବେ ଏଥିରୁ ସେମାନେ ନିସ୍କୃତି ଚାହୁଁଛନ୍ତି। ପରିବର୍ତ୍ତନର ହାୱା ବର୍ତ୍ତମାନ ସାରା ଓଡ଼ିଶାରେ ବହୁଥିବା ସେ ସୁଚାଇଥିଲେ। ରାଜ୍ୟବାସୀ ଏଠାରେ ଡବଲ ଇଞ୍ଜିନ ସରକାର ପ୍ରତିଷ୍ଠା କରି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କର ବିକାଶର ଗ୍ୟାରେଣ୍ଟି ଉପରେ ମୋହର ଲଗାଇବାକୁ ପ୍ରତିଜ୍ଞାବଦ୍ଧଥିବା ଶ୍ରୀ ମିଶ୍ର ଦମ୍ଭର ସହିତ ପ୍ରକାଶ କରିଥିଲେ। ସମ୍ବଲପୁର ଠାରେ ଲୋକସଭା ପ୍ରାର୍ଥୀ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଓ ବିଧାନସଭା ପ୍ରାର୍ଥୀ ଜୟ ନାରାୟଣ ମିଶ୍ର, ବିଜେପୁର ଠାରେ ବିଧାନସଭା ପ୍ରାର୍ଥୀ ସନତ କୁମାର ଗର୍ତ୍ତୀୟା, ବରଗଡ଼ର ଲୋକସଭା ପ୍ରାର୍ଥୀ ପ୍ରଦୀପ ପୁରୋହିତ, ରାଜଗାଙ୍ଗପୁର ଠାରେ ବିଧାନସଭା ପ୍ରାର୍ଥୀ ନରସିଂହ ମିଞ୍ଜ, ବୀରମିତ୍ରପୁର ଠାରେ ବିଧାୟକ ପ୍ରାର୍ଥୀ ଶଙ୍କର ଓରାମ, ସୁନ୍ଦରଗଡ଼ଠାରେ ବିଧାନସଭା ପ୍ରାର୍ଥୀନୀ କୁସୁମ ଟେଟେ ଏବଂ ଲୋକସଭା ପ୍ରାର୍ଥୀ ପୂର୍ବତନ କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ ପ୍ରମୁଖଙ୍କୁ ବିପୁଳ ମାତ୍ରାରେ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ପୁରନ୍ଦର ମିଶ୍ର ନିବେଦନ କରିଥିଲେ। ବିଜେପୁର, ରାଜଗାଙ୍ଗପୁର, ବୀରମିତ୍ରପୁର ଏବଂ ସୁନ୍ଦରଗଡ ଠାରେ ଆୟୋଜିତ ବିଜୟ ସଂକଳ୍ପ ସମାବେଶ ଗୁଡିକରେ ଉଦବୋଧନ ଦେଇ ଛତିଶଗଡ଼ର ମୁଖ୍ୟମନ୍ତ୍ରୀ ବିଷ୍ଣୁଦ୍ୱେ ସାୟ, ଛତିଶଗଡ଼ ଭଳି ଓଡ଼ିଶାର ସଚେତନ ଜନସାଧାରଣ ପରିବର୍ତ୍ତନ ସପକ୍ଷରେ ମତଦାନ କରି ରାଜ୍ୟର ଗରିବୀ, ବେକାରୀ ଏବଂ ଦୁର୍ଗତିକୁ ଦୁରକରି ଗଗନଚୁମ୍ବି ଉନ୍ନତିର ପଥକୁ ଉନ୍ମୁକ୍ତ କରିବାକୁ ଆହ୍ୱାନ ଜଣାଇଥିଲେ। ବିଜେପୁର ସଭାରେ ଛତିଶଗଡ଼ର ଉପ-ମୁଖ୍ୟମନ୍ତ୍ରୀ ବିଜୟ ଶର୍ମା,ଦଳର ବରଗଡ଼ ଜିଲ୍ଲା କାର୍ଯ୍ୟକାରୀ ସଭାପତି ଡ଼ଃ ଅରୁପାନନ୍ଦ ସାହୁ, ପୂର୍ବତନ ସାଂସଦ ପ୍ରଭାସ ସିଂହ ଏବଂ ରାଜଗାଙ୍ଗପୁର, ବିରମିତ୍ରପୁର ଓ ସୁନ୍ଦରଗଡର ସଭାମାନଙ୍କରେ ଓଡ଼ିଶା ନିର୍ବାଚନ ପାଇଁ ବିଜେପିର ପ୍ରଭାରୀ ତଥା ଛତିଶଗଡ଼ର ଜଙ୍ଗଲମନ୍ତ୍ରୀ କେଦାର କାଶ୍ୟପ ପ୍ରମୁଖ ଉପସ୍ଥିତ ଥିଲେ।

## ଆଜି ସନ୍ଧ୍ୟାରେ ଲିଙ୍ଗରାଜ ମନ୍ଦିରଠାରୁ କଂଗ୍ରେସ ବିଧାୟକ ପ୍ରଶାନ୍ତ ଚମ୍ପତି ନିର୍ବାଚନ ପ୍ରଚାର କରିଥିଲେ

ଭୁବନେଶ୍ୱର,(ପି.ଏନ): ଆଜି ସନ୍ଧ୍ୟାରେ ଲିଙ୍ଗରାଜ ମନ୍ଦିର ଠାରୁ ମାଉସୀମା ମନ୍ଦିର ପର୍ଯ୍ୟନ୍ତ ଭୁବନେଶ୍ୱର କଂଗ୍ରେସ ଲୋକସଭା ପ୍ରାର୍ଥୀ ସୟଦ ୟାସିର ନୱାଜ ଏବଂ ଏକାମ୍ର ଭୁବନେଶ୍ୱର କଂଗ୍ରେସ ବିଧାୟକ ପ୍ରାର୍ଥୀ ପ୍ରଶା' ଚମ୍ପତି ନିର୍ବାଚନ ପ୍ରଚାର କରିଥିଲେ। ଏହି ଜନସମ୍ପର୍କ ଯାତ୍ରାରେ ହଜାର ହଜାର କଂଗ୍ରେସ କର୍ମୀ ଓ ସମର୍ଥକ ଅଂଶଗ୍ରହଣ କରିଥିଲେ। ପ୍ରଦେଶ ଯୁବ କଂଗ୍ରେସ ପକ୍ଷରୁ ସଭାପତି ଶ୍ରୀ ରିତ ପାତ୍ରଙ୍କ ନେତୃତ୍ୱରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ବରିଷ୍ଠ କଂଗ୍ରେସ ନେତା ଶିବାନନ୍ଦ ରାୟ, ବେଣୁଧର ପାତ୍ର, ପ୍ରକାଶ ମିଶ୍ର, ସୁବ୍ରତ ମହାପାତ୍ର, ଗଣେଶ ଦାସ, ପୁସ୍ମିତା ଦାସ, ଜଗଦିଶ ଗଜେନ୍ଦ୍ର, ବଳରାମ ନନ୍ଦ, କାର୍ତ୍ତିକେଶ୍ୱର କାଣ୍ଡି, ମହମ୍ମଦ ପରଭେଜ, ସ୍ୱାଗତ କର, ଜିତେନ୍ଦ୍ର ମଲ୍ଲିକ, ମୋହନ ଗାନ୍ଧୀ, ମଂଟୁ ମଲ୍ଲିକ, ଜୟକୃଷ୍ଣ ସୁବୁଦ୍ଧି ପ୍ରମୁଖ ଅଂଶଗ୍ରହଣ କରିଥିଲେ।

# ୧୯ ରେ ରାଜନାଥ ଓ ୨୧ ରେ ସମ୍ବଲପୁର ଆସୁଛନ୍ତି ଅମିତ ଶାହ

ସମ୍ବଲପୁର ,(ପି.ଏନ): ଆସନ୍ତା ୨୧ ରେ ସମ୍ବଲପୁର ଗସ୍ତ ରେ ଆସୁଛନ୍ତି କେନ୍ଦ୍ର ଗୃହ ମନ୍ତ୍ରୀ ତଥା ପୂର୍ବତନ ବିଜେପି ରାଷ୍ଟ୍ରୀୟ ଅଧକ୍ଷ ଅମିତ ଶାହ । ସମ୍ବଲପୁର ପି.ଏଚ୍.ଡ଼ି ପଡିଆରେ ହେବାକୁ ଥିବା ବିଶାଳ ଜନ ସମାବେଶ ରେ ଯୋଗ ଦେବେ ଶ୍ରୀ ଶାହ । ଏହାପୂର୍ବରୁ ଆସନ୍ତା ୧୯ ଓ ୨୦ ରେ ମଧ୍ୟ ସମ୍ବଲପୁର କୁ ଆସୁଛନ୍ତି ଅନେକ ରାଷ୍ଟ୍ରୀୟ ସ୍ତର ର ନେତା । ୧୯ ରେ ଦେଶ ର ପ୍ରତିରକ୍ଷା ମନ୍ତ୍ରୀ ତଥା ପୂର୍ବତନ ବିଜେପି ରାଷ୍ଟ୍ରୀୟ ସଭାପତି ରାଜନାଥ ସମ୍ବଲପୁର ଜିଲ୍ଲା ନକଟିଦେଓଲ ଠାରେ ବିଜୟ ସଂକଳ୍ପ ସମାବେଶ ରେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି। ଏହା ସହିତ ୧୯ ରେ ବିଜେପି ଯୁବ ମୋର୍ଚ୍ଚା ର ରାଷ୍ଟ୍ରୀୟ ସଭାପତି ତେଜସ୍ୱୀ ସୂର୍ଯ୍ୟା ଏକ ବିଶାଳ ବାଇକ ରେଲି ରେ, ଛତିଶଗଡ଼ ର କ୍ୟାବିନେଟ ମନ୍ତ୍ରୀ ବ୍ରିଜ ମୋହନ ଅଗ୍ରୱାଲ ବିଭିନ୍ନ ରାଜନୈତିକ ସଭାରେ ରେ ଯୋଗ ଦେବେ । ଏହା ବ୍ୟତୀତ ବିଜେପି ର ରାଷ୍ଟ୍ରୀୟ ପ୍ରବକ୍ତା ଗୁରୁ ପ୍ରକାଶ ପାଶୱାନ ଏକ ସାମ୍ବାଦିକ ସାମ୍ମିଳନୀ ରେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି ବୋଲି ବିଜେପି କ୍ଷେତ୍ରୀୟ ଗଣମାଧ୍ୟମ ସଂଯୋଜକ ମାନସ ରଞ୍ଜନ ବକ୍ସି ସୂଚ଼ନା ଦେଇଛନ୍ତି ।

## ସରକାରୀ ଗୃହକୁ ନିର୍ବାଚନ କାର୍ଯ୍ୟରେ ଲଗାଇବା ନେଇ ନିର୍ବାଚନ ଅଧିକାରୀଙ୍କୁ ଅଭିଯୋଗ

ତାଳଚେର,(ପି.ଏନ): ତାଳଚେର ବ୍ଲକ ଘଣ୍ଟପଡ଼ା ଗ୍ରାମ ପଂଚାୟତର ବାଘମରା ସାହି, ୱାର୍ଡ଼ ନମ୍ବର-୮ରେ ଥିବା ସରକାରୀ ମିଶନ ଶକ୍ତି ଗୃହ,ଖଳା,ଲାଇବ୍ରେରୀ,ବିଜୁ ଯୁବବାହିନୀ ଘର ଓ ଗୋଷ୍ଠୀ କେନ୍ଦ୍ରକୁ ବିଜେଡି ଦଳ ବେଆଇନ ଭାବେ ନିଜ ଅକ୍ତିଆରକୁ ନେଇ ନିର୍ବାଚନ ଘର ରୂପେ ବ୍ୟବହାର କରି ଆଚରଣ ବିଧିର ଉଲଂଘନ କରୁଛି ବୋଲି ଏକ ଅଭିଯୋଗ ପତ୍ର ତାଳଚେର ବିଧାନସଭା କ୍ଷେତ୍ରର ନିର୍ବାଚନ ଅଧିକାରୀଙ୍କୁ ପ୍ରଦାନ କରାଯାଇଛି । ଏନେଇ ଘଣ୍ଟପଡ଼ା ପଂଚାୟତବାସୀ ଅଭିଯୋଗ କଲେ ମଧ୍ୟ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉନାହିଁ ବରଂ ବିଜେଡିର କର୍ମୀମାନେ ଗୁଣ୍ଡାରାଜ କରି ଲୋକଙ୍କୁ ଜୀବନରେ ମାରି ଦେବାକୁ ଧମକ ଦେଉଛ଼ି । ଏଣୁ ଶା' ଶୃଙ୍ଖଳାରେ ନିର୍ବାଚନ କରିବାକୁ ହେଲେ ସେମାନଙ୍କୁ ସେଥିରୁ ନିବୃତ ରଖି ସରକାରୀ ଗୃହକୁ ବ୍ୟବହାର ନକରିବାକୁ ନିର୍ଦ୍ଦେଶନାମା ଜାରି କରାଯାଉ । ଏହି କ୍ରମରେ ଉକ୍ତ ଘଟଣାର ବିଧିବଦ୍ଧ ତଦ' କରାଯାଇ ନିର୍ବାଚନ ଆଚରଣ ବିଧିକୁ ଉଲଂଘନ କରୁଥିବା ବ୍ୟକ୍ତିମାନଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ବିଜେପି ଲିଗାଲ ସେଲ ପକ୍ଷରୁ ଦୟାସାଗର ମିଶ୍ର,ଅଖିଳ କୁମାର ସାମଲ, ଜଗଦୀଶ୍ୱର ସାହୁ,ରାଜେଶ କୁମାର ନନ୍ଦ,ପ୍ରଭାତିନୀ ଆଚାର୍ଯ୍ୟ ପ୍ରମୁଖ ସଦସ୍ୟ ଗଣ ଦାବୀ ଜଣାଇଛ଼ି ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)
NURSERY (3+)
LKG, UKG, STD-I TO V

25% reservation as per RTE Act (2009)

FIND THE DIFFERENCE
- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities



TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

# କେନ୍ଦ୍ରାପଡାରେ ବିଜେପିର ହେଭିୱେଟ୍ ନେତାଙ୍କ ପ୍ରଚାର

କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡ଼ାରେ ବିଜେପି ସାଂସଦ ଓ ବିଧାୟକମାନଙ୍କୁ ଆଗାମୀ ନିର୍ବାଚନରେ ବିଜୟ କରାଇବା ପାଇଁ ବିଜେପିର ହେଭିୱେଟ ନେତାମାନେ ପ୍ରଚାର ମଇଦାନକୁ ଓହ୍ଲାଇଛନ୍ତି। ଆଜି ଅପରାହ୍ନରେ ସ୍ଥାନୀୟ ବଉଳ ବିହାର ସନ୍ନିକଟ ପଡ଼ିଆରେ ଏକ ଜନସଭାରେ କେନ୍ଦ୍ର ଶିକ୍ଷା ଓ ଦକ୍ଷତା ବିକାଶ ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ବିଜେପି ରାଷ୍ଟ୍ରୀୟ ଉପାଧ୍ୟକ୍ଷ ତଥା କେନ୍ଦ୍ରାପଡ଼ା ସାଂସଦ ପ୍ରାର୍ଥୀ ବୈଜୟନ୍ତ ପଣ୍ଡା, ରାଜ୍ୟ ସଭାପତି ମନମୋହନ ସାମଲ, ଭୁବନେଶ୍ୱର ସାଂସଦ ଅପରାଜିତା ଷଡ଼ଙ୍ଗୀ, ବାଲେଶ୍ୱର ସାଂସଦ ତଥା ପୂର୍ବତନ ମନ୍ତ୍ରୀ ପ୍ରତାପ ଷଡ଼ଙ୍ଗୀ ମିଳିତ ଭାବେ ଯୋଗଦେଇ ସମ୍ବୋଧନ କରିଥିଲେ। ସାଂସଦ ପ୍ରତାପ ଷଡ଼ଙ୍ଗୀ ତାଙ୍କ ଭାଷଣରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ବିକାଶ ଧାରାରେ ସମଗ୍ର ଦେଶ ଆଜି ସାମିଲ ହୋଇଛି। ଦେଶରେ ଯେଉଁ ମୋଦି ଲହର ଚାଲିଛି ଆଗାମୀ ନିର୍ବାଚନରେ ମୋଦିଜୀ ପୁଣି ଥରେ ପ୍ରଧାନମନ୍ତ୍ରୀ ଆସନରେ ବସିବାକୁ ଯାଉଛନ୍ତି ବୋଲି କହିଥିଲେ। ସାଂସଦ ଅପରାଜିତା ଷଡ଼ଙ୍ଗୀ ତାଙ୍କ ବକ୍ତବ୍ୟରେ ପ୍ରଧାନମନ୍ତ୍ରୀଙ୍କ 'ଅବକି ବାର ଚାର ଶହ ପାର' ସ୍ଲୋଗାନ ସତ୍ୟ ହେବାକୁ ଯାଉଛି। କେନ୍ଦ୍ରାପଡ଼ା ଆସନ ସେହି ଚାରି ଶହ ଆସନ ମଧ୍ୟରେ ଅଛି। କେନ୍ଦ୍ରାପଡାର ଜନସାଧାରଣ ବୈଜୟନ୍ତ ପଣ୍ଡାଙ୍କୁ ନିଶ୍ଚିତ ବିଜୟ କରିବେ ବୋଲି କହିଥିଲେ। ଏଥିସହିତ ଓଡ଼ିଶାରେ ଏକ ସ୍ଥାଣୁ ସରକାର ଚାଲିଛି। ବିକାଶ କ୍ଷେତ୍ରରେ ଓଡ଼ିଶା ବହୁତ ପଛରେ ଅଛି। ଓଡ଼ିଆ ଅସ୍ମିତା ଆଜି ବିପଦରେ। ଓଡ଼ିଆ ଭାଷାକୁ ଆଜି ତାମିଲରେ କୁହାଯାଉଛି ବୋଲି ବ୍ୟଙ୍ଗୋକ୍ତି କରିଥିଲେ। କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ତାଙ୍କ ବକ୍ତବ୍ୟରେ କହିଥିଲେ ଯେ ଯିଏ ଓଡ଼ିଆ ଭାଷା ଜାଣିନାହାନ୍ତି, ଯେଉଁମାନେ ଓଡ଼ିଶାର ମହାପୁରୁଷ ମାନଙ୍କ ବିଷୟର ଜାଣିନାହାନ୍ତି ସେମାନେ ବ□ମାନ ଓଡ଼ିଆ ଅସ୍ମିତା କଥା କହୁଛନ୍ତି। ଓଡ଼ିଶାର ଜନସାଧାରଣ ବିଜେଡି ସରକାରର ଅନ୍ଧାରୀ ଶାସନରେ ଅତିଷ୍ଠ। ବିଜେଡି ସରକାର ୨୪ ବର୍ଷରେ କେନ୍ଦ୍ରାପଡ଼ାରେ ଗୋଟିଏ ଛୁ□ କାରଖାନାଟିଏ ବି କରିପାରି ନାହାନ୍ତି। ବିଜେପି ସରକାର ଆସିଲେ କେନ୍ଦ୍ରାପଡାରେ ନିଶ୍ଚିତ ଶିଳ୍ପ ଆସିବ ବୋଲି କହିବା ସହିତ ଆଗାମୀ ନିର୍ବାଚନରେ ସେମାନେ ଜଣେ ପ୍ରକୃତ ଓଡ଼ିଆକୁ ମୁଖ୍ୟମନ୍ତ୍ରୀ ଆସନରେ ବସିବାକୁ ମନସ୍ଥ କରିସାରିଲେଣି ବୋଲି କହି ନବୀନ ସରକାର ବିରୁଦ୍ଧରେ ବିଷୋଦଗାର କରିଥିଲେ। ସେହିପରି ସାଂସଦ ପ୍ରାର୍ଥୀ ବୈଜୟନ୍ତ ପଣ୍ଡା କହିଲେ ଯେ ଦେଶକୁ ୨୦୪୭ ସୁଦ୍ଧା ବିକଶିତ ଭାରତରେ ପରିଗଣିତ କରିବା ଲକ୍ଷ୍ୟରେ ମୋଦିଜୀ ଅବିରତ କାର୍ଯ୍ୟ କରି ଆସୁଛନ୍ତି। ତେଣୁ ତାଙ୍କ ହାତମୁଠାକୁ ଟାଣ କରିବା ପାଇଁ ସମଗ୍ର ଦେଶ ଆଜି ଶପଥ ନେଇ ସାରିଛି। ତେଣୁ ଓଡ଼ିଶାରେ ମଧ୍ୟ 'ଦୁଇ ଗୋଟି ଫୁଲ ଦୁଇ ଗୁଣା ବିକାଶ' ନାରାକୁ ଚରିତାର୍ଥ କରିବା ପାଇଁ ସମସ୍ତେ ପ୍ରୟାସ କରିବାକୁ ନିବେଦନ କରିଥିଲେ। ରାଜ୍ୟ ସଭାପତି ମନମୋହନ ସାମଲ ତାଙ୍କ ବକ୍ତବ୍ୟରେ ଓଡ଼ିଶାରେ ବିଜେପି ସରକାର କରିବାକୁ ଯାଉଛି। ଅପାରଗ ବିଜେଡି ସରକାରର ପତନ ନିଶ୍ଚିତ ହେବ। ତେଣୁ ଓଡ଼ିଶାରେ ଡବଲ ଇଞ୍ଜିନ ସରକାର ଗଠନ ପାଇଁ ସାଂସଦ ଓ ସମସ୍ତ ସାତଜଣ ବିଜେପି ପ୍ରାର୍ଥୀଙ୍କୁ ବହୁ ଭୋଟରେ ବିଜୟ କରିବା ପାଇଁ ନିବେଦନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସଭାପତି କିଶୋର କୁମାର ପଣ୍ଡା ସଭାପତିତ୍ୱ କରିଥିବା ବେଳେ ଜିଲ୍ଲା ଉପସଭାପତି ଉପିନ୍ କୁମାର ରାଉତ ମ□ ପରିଚାଳନା କରିଥିଲେ ଓ କେନ୍ଦ୍ରାପଡ଼ା ବିଧାୟକ ପ୍ରାର୍ଥୀନୀ ଗୀତାଞ୍ଜଳି ସେଠୀ ଧନ୍ୟବାଦ୍ ଅର୍ପଣ କରିଥିଲେ।

# କଣ୍ଢୋଳ ପଂଚାୟତରେ ବିଜେପି ସାଂସଦ ପ୍ରାର୍ଥୀ ରୁଦ୍ର ନାରାୟଣ ପାଣି ଓ ବିଧାୟକ ପ୍ରାର୍ଥୀ କାଳନ୍ଦି ସାମଲଙ୍କ ଜନ ସମ୍ପର୍କ ପଦଯାତ୍ରା

ତାଳଚେର :(ପି.ଏନ): ମୋଦି ଗ୍ୟାରେଣ୍ଟି ଧର୍ମେନ୍ଦ୍ର ପ୍ରଧାନ ଆମ ସାଥିରେ ଅଛ଼ି ବିକଶିତ ଭାରତ ଓ ବିକଶିତ ତାଳଚେର ସଙ୍କଳ୍ପ ନେଇ ତାଳଚେର ରେ ବିଜେପି ପକ୍ଷରୁ ଜନ ସମ୍ପର୍କ ପଦଯାତ୍ରା ତାଳଚେର ବ୍ଲକ କଣ୍ଢୋଳ ପଂଚାୟତ ରେ ଅନୁଷ୍ଠିତ ହୋଇଛି।ବିଜେପି ଢେଙ୍କାନାଳ ସାଂସଦ ପ୍ରାର୍ଥୀ ରୁଦ୍ର ନାରାୟଣ ପାଣି, ବିଜେପିର ତାଳଚେର ବିଧାୟକ ପ୍ରାର୍ଥୀ କାଳନ୍ଦି ସାମଲ ମନ୍ଦିର ରେ ପୂଜାର୍ଚ୍ଚନା କରି କଣ୍ଢୋଳ ପଂଚାୟତ ରେ ପଦଯାତ୍ରାରେ ସମସ୍ତ ଘର ଘର ବୁଲି ପ୍ରଚାର କରିଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଙ୍କ ନେତୃତ୍ୱରେ ବିକଶିତ ଭାରତ ବିକଶିତ ଓଡିଶା ଓ ବିକଶିତ ତାଳଚେର ହେବ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ପ୍ରୟାସ ରେ ଚାଲୁ ଥିବା ତାଳଚେର ର ବିକାଶ ମୂଳକ କାର୍ଯ୍ୟ ତ୍ୱରାନ୍ୱିତ ହେବା ପାଇଁ ଲୋକ ମନ ବଳେଇଲେଣି ,ଆଗାମୀ ଦିନରେ ଡବଲ ଇନ ସରକାର ହେବ ବୋଲି ଶ୍ରୀ ରୁଦ୍ର ନାରାୟଣ ପାଣି କହିଥିଲେ।ତାଳଚେରକୁ ବରବାଦ କରିବାକୁ ଦେବୀ ନାହିଁ, ତାଳଚେର କୁ ବଦନାମ କରିବାକୁ ଦେବୀ ନାହିଁ, ତାଳଚେର ବାସୀ ଙ୍କର ସମସ୍ୟା କୁ ନେଇ ବିଧାନସଭା ରେ



ଲଢ଼େଇ କରିବି ବୋଲି ନିଜର ପ୍ରତିକ୍ରିୟା ରେ କାଳନ୍ଦି ସାମଲ ପ୍ରକାଶ କରିଛ଼ି ।ମୋଦି ଙ୍କୁ ଓଡିଶା ବାସୀ ସବୁଠୁ ଅଧିକ ଭଲ ପାଉଛ଼ି ,ମୋଦି ଙ୍କ ନେତୃତ୍ୱରେ ଓଡ଼ିଶାରେ ବିଜେପି ସରକାର ଗଠନ କରିବ ଏବଂ ଜଣେ ଓଡ଼ିଆ ମୁଖ୍ୟମନ୍ତ୍ରୀ ହେବ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି କହିଛ଼ି, ସାଧାରଣ ଲୋକ କହିଲେଣି ଓଡ଼ିଶା ରେ ପରିବର୍ତ୍ତନ, ତାଳଚେର ରେ ପରିବର୍ତ୍ତନ ନିଶ୍ଚିତ ।ହଜାର ହଜାର ସଂଖ୍ୟାରେ କାର୍ଯ୍ୟକର୍ତା ଓ ଜନ ସାଧାରଣ ଏହି ପଦଯାତ୍ର ରେ ସାମିଲ ହୋଇଥିଲେ। ଏହି କାର୍ଯ୍ୟକ୍ରମରେ କଣ୍ଢୋଳ ସରପଞ୍ଚ ଯସବ଼ି ବେହେରା,ସମିତି ସଦସ୍ୟା ସୁବର୍ଣ୍ଣା ସାହୁ, ଜିଲ୍ଲା ସମ୍ପାଦକ ପ୍ରଶା' ନନ୍ଦ,ପ୍ରାକ୍ତନ ସରପଞ୍ଚ ରଙ୍ଗାଧର ନାହାକ, ଯୁବନେତା ତାପସ ସାହୁ,ସନାତନ ସାହୁ, ଶୋଭାଗିନୀ ପ୍ରଧାନ,ମଣ୍ଡଳ ସଭାପତି ନରେଶ ଚନ୍ଦ୍ର ବେହେରା, ପ୍ରାକ୍ତନ ନଗରପାଳ ଜ୍ୟୋସ୍ନା ଦଳେଇ,ମିଲ୍ଲୀ ପ୍ରଧାନ, ମୃଣାଳିନୀ ପଟ୍ଟନାୟକ,ସଂଯୁକ୍ତା ମହାରଣା, ଅନିତା ବିଶ୍ୱାଳ, ମୃଣାଳିନୀ ପଟ୍ଟନାୟକ, ପମିତ୍ରା ପ୍ରଧାନ, ଚୈତନ୍ୟ ପ୍ରଧାନ ଙ୍କ ସମେତ ହଜାର ହଜାର ସଂଖ୍ୟାରେ କାର୍ଯ୍ୟକର୍ତା ଉପସ୍ଥିତ ରହି ପ୍ରଚାର କରିଥିଲେ।

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray